୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.121 Bhubaneswar Monday June 17 2024 | ୨୬ତମ ବର୍ଷ ସଂଖ୍ୟା-୧୨୧ ଭୁବନେଶ୍ୱର, ସୋମବାର, ଜୁନ ୧୭, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS


## ଆଗାମୀ ୫ବର୍ଷରେ ୫୦ ବର୍ଷର ବିକାଶ ହେବ: ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର:୧୬/୦୬((ପି.ଏନ) ଆକ୍ସନ ମୋଡ଼ରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ। ସେ କହିଛନ୍ତି, ୫ବର୍ଷରେ ୫୦ ବର୍ଷର ବିକାଶ ହେବ। ଦୀର୍ଘ ୨୪ବର୍ଷ ପରେ ଶାସନର ପରିବର୍ତ୍ତନ ହୋଇଛି। ଯେଉଁଭଳି ଭାବରେ ଓଡ଼ିଶାର ବିକାଶ ହେବା କଥା ଲୋକଙ୍କ ପାଖରେ ସେବା ପହଂଚିବା କଥା ଲୋକମାନଙ୍କୁ ସାମାଜିକ ନ୍ୟାୟ ମିଳିବା କଥା ମିଳିପାରିଲା ନାହିଁ। ବିଗତ ଦିନରେ ଲୋକମାନେ ବହୁତ କଷ୍ଟ ପାଇଥିଲେ। ଏଥିସହ ଏହି ଲମ୍ବା ସମୟ ମଧ୍ୟରେ ଲୋକମାନେ ମୁଖ୍ୟମନ୍ତ୍ରୀଙ୍କୁ ଭେଟିବା କଥା ହେବ ଦେଖା କରିବା ଏସବୁ ବହୁତ ପରିମାଣରେ କମିଯାଇଥିଲା। ଲୋକମାନଙ୍କୁ ସିଧାସଳଖ ଲୋଚମାନଙ୍କୁ ଭେଟୁନଥିଲେ। ଏବେ ପରିବର୍ତ୍ତନ ହୋଇଛି। ଲୋକମାନେ ଚାହୁଁଛନ୍ତି ମୁଖ୍ୟମନ୍ତ୍ରୀ ତାଙ୍କୁ ଭେଟିବା ଦରକାର ଆଉ ମୁଁ ମଧ୍ୟ ଲୋକମାନଙ୍କ ସହ ଭେଟିବାକୁ ଚାହୁଁଛି। ଯେହେତୁ ମୁଁ ସାଧାରଣ ସ୍ତରରୁ, ତୃଣମୂଳ ସ୍ତରରୁ ଆସିଛି। ତୃଣମୂଳ ସ୍ତରର ଲୋକଙ୍କ ସହ ମିଶିବାକୁ ପଡ଼ିବ। ସେମାନଙ୍କ କଥା, ସମସ୍ୟା ଶୁଣିବାକୁ ପଡ଼ିବ। ଏବେ ଲୋକ ପିପୁଲ୍ସ ସିଏମ ପାଇଛନ୍ତି। ଲୋକଙ୍କଠାରୁ ବିଭିନ୍ନ ପରାର୍ମଶ ମିଳୁଛି। ଆଗାମୀ ୫ବର୍ଷରେ ୫୦ ବର୍ଷର ବିକାଶ ହେବ। ଯାହା ବି ଆସିଛନ୍ତି ଲୋକମାନେ ତାଙ୍କ ଖୁସି ନେଇ ଆସିଛନ୍ତି। ସମସ୍ତଙ୍କୁ ଧନ୍ୟବାଦ ମୋ ଉପରେ ଆଶା କରକିଛନ୍ତି। ନିଶ୍ଚିତ ଭାବରେ ସେମାନଙ୍କ ଆଶା ପୁରଣ କରିବି।

## "ମୋଦୀ କା ପରିବାର" ଟ୍ୟାଗ୍ ଲାଇନ୍ ହଟାଇବାକୁ ଅନୁରୋଧ କଲେ ମୋଦୀ



ନୂଆଦିଲ୍ଲୀ :୧୬/୦୬((ପି.ଏନ): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ତାଙ୍କ ସମର୍ଥକମାନଙ୍କୁ ଅନୁରୋଧ କରିଛନ୍ତି ଯେ ସେମାନେ ସେମାନଙ୍କ ସୋସିଆଲ ମିଡିଆ ହ୍ୟାଣ୍ଡେଲରୁ "ମୋଦୀ କା ପରିବାର" ଟ୍ୟାଗ୍ ଲାଇନ୍ ହଟାଇ ଦିଅନ୍ତୁ । ନିରନ୍ତର ସମର୍ଥନ ପାଇଁ ମୋଦୀ ଭାରତବାସୀଙ୍କୁ କୃତଜ୍ଞତା ଜଣାଇଛନ୍ତି । ସେ କହିଛନ୍ତି ଯେ ନିର୍ବାଚନ ପ୍ରଚାର ସମୟରେ ଅନେକ ଲୋକ ତାଙ୍କ ପ୍ରତି ସ୍ନେହଭାବ ଭାବରେ ନିଜ ସୋସିଆଲ ମିଡିଆ ପ୍ରୋଫାଇଲରେ "ମୋଦୀ କା ପରିବାର" ଯୋଡିଥିଲେ । ପ୍ରଦର୍ଶିତ ନାମ ବଦଳିପାରେ, କିନ୍ତୁ ଭାରତର ପ୍ରଗତି ପାଇଁ ପ୍ରୟାସ କରୁଥିବା ଏକ ପରିବାର ଭାବରେ ଆମର ସମ୍ପର୍କ ଦୃଢ଼ ଏବଂ ଅତୁଟ ରହିଛି ବୋଲି ମୋଦୀ ଆହୁରି କହିଛନ୍ତି। ପ୍ରଧାନମନ୍ତ୍ରୀ ଏକ୍ସ ରେ ପୋଷ୍ଟ କରିଛନ୍ତି ଯେ ନିର୍ବାଚନ ପ୍ରଚାର ମାଧ୍ୟମରେ ସମଗ୍ର ଭାରତରେ ଲୋକମାନେ ମୋ ପ୍ରତି ସ୍ନେହର ଚିହ୍ନ ସ୍ୱରୂପ ନିଜ ସୋସିଆଲ ମିଡିଆରେ 'ମୋଦୀ କା ପରିବାର' ଯୋଡ଼ିଛନ୍ତି। ମୁଁ ଏଥିରୁ ବହୁତ ଶକ୍ତି ପାଇଥିଲି । ଭାରତର ଜନତା କ୍ରମାଗତ ତୃତୀୟ ଥର ପାଇଁ ଏନଡିଏକୁ ସଂଖ୍ୟା ଗରିଷ୍ଠତା ଦେଇଛନ୍ତି, ଯାହା ଏକ ପ୍ରକାର ରେକର୍ଡ ଏବଂ ଆମ ଦେଶର ଉନ୍ନତି ପାଇଁ କାର୍ଯ୍ୟ ଜାରି ରଖିବା ପାଇଁ ଆମକୁ ଜନାଦେଶ ଦେଇଛନ୍ତି । ଆମେ ସମସ୍ତେ ଗୋଟିଏ ପରିବାର ହେବାର ବାର୍ତ୍ତା ପ୍ରଭାବଶାଳୀ ଭାବରେ ପ୍ରକାଶ ପାଇବା ପରେ ମୁଁ ପୁଣି ଥରେ ଭାରତବାସୀଙ୍କୁ ଧନ୍ୟବାଦ ଜଣାଉଛି ଏବଂ ଅନୁରୋଧ କରିବି ଯେ ଆପଣମାନେ ବର୍ତ୍ତମାନ ଆପଣଙ୍କ ସୋସିଆଲ ମିଡିଆ ସମ୍ପତ୍ତିରୁ 'ମୋଦୀ କା ପରିବାର'କୁ ହଟାଇ ଦିଅନ୍ତୁ । ପ୍ରଦର୍ଶନ ନାମ ବଦଳିପାରେ, କିନ୍ତୁ ଭାରତର ପ୍ରଗତି ପାଇଁ ପ୍ରୟାସ କରୁଥିବା ଏକ ପରିବାର ଭାବରେ ଆମର ସମ୍ପର୍କ ଦୃଢ଼ ଏବଂ ଅତୁଟ ରହିଛି।

## ଇଭିଏମକୁ ନେଇ ଗୁଜବ
## ଖବରକାଗଜକୁ ନୋଟିସ ଜାରି କଲେ ନିର୍ବାଚନ କମିସନ



ମୁମ୍ବାଇ: ୧୬/୦୬((ପି.ଏନ): ମହାରାଷ୍ଟ୍ରରେ ଇଭିଏମ୍ ହ୍ୟାକିଂ କୁ ନେଇ ଉଠିଥିବା ପ୍ରଶ୍ନକୁ ନେଇ ଆଜି ନିର୍ବାଚନ ଆୟୋଗ ଏକ ସାମ୍ବାଦିକ ସମ୍ମିଳନୀ କରିଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ନିର୍ବାଚନ କମିସନ ଇଭିଏମ୍ ହ୍ୟାକିଂ ପ୍ରସଙ୍ଗରେ ସ୍ପଷ୍ଟୀକରଣ ଦେଇ ସ୍ପଷ୍ଟ କରିଛନ୍ତି ଯେ ଇଭିଏମ୍ ହ୍ୟାକ୍ ହୋଇପାରିବ ନାହିଁ। ସୂଚନାଯୋଗ୍ୟ, ମୋବାଇଲ ଫୋନ୍ ସହ ସଂଯୋଗ କରି ଇଭିଏମ୍ ହ୍ୟାକ୍ କରିଥିବା ଅଭିଯୋଗ ହୋଇଥିଲା। ଏହାପରେ ମୁମ୍ବାଇ ଉତ୍ତର ପଶ୍ଚିମ ଲୋକସଭା ଆସନର ରିଟର୍ଣ୍ଣିଂ ଅଫିସର ବନ୍ଦନା ସୂର୍ଯ୍ୟବଂଶୀ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି ଯେ ଏହି ଅଭିଯୁକ୍ତମାନେ ସମ୍ପୂର୍ଣ୍ଣ ଭୁଲ୍ ଏବଂ ଇଭିଏମ୍ ଅନଲକ୍ କରିବା ପାଇଁ କୌଣସି ଓଟିପି ର ଆବଶ୍ୟକତା ନାହିଁ। ସେ କହିଛନ୍ତି ଯେ ଇଭିଏମ୍ କୁ କୌଣସି ଡିଭାଇସ୍ ସହ ସଂଯୋଗ କରାଯାଇପାରିବ ନାହିଁ। ଇଭିଏମ୍ କୁ ନେଇ ଅପପ୍ରଚାର କରିବା ଏବଂ ଭାରତୀୟ ନିର୍ବାଚନ ବ୍ୟବସ୍ଥାରେ ସନ୍ଦେହ ସୃଷ୍ଟି କରିଥିବାରୁ ରିଟର୍ଣ୍ଣିଂ ଅଫିସର ବନ୍ଦନା ସୂର୍ଯ୍ୟବଂଶୀ ଏକ ଖବରକାଗଜକୁ ନୋଟିସ୍ ଜାରି କରିଛନ୍ତି। ସେ କହିଛନ୍ତି ଯେ ଇଭିଏମ୍ ଅନ୍ ଲକ୍ କରିବା ପାଇଁ ମୋବାଇଲ୍ ଫୋନ୍ କୁ କୌଣସି ଓଟିପି ପଠାଯାଇପାରିବ ନାହିଁ କାରଣ ଏହା ପ୍ରୋଗ୍ରାମ୍ ଯୋଗ୍ୟ ନୁହେଁ ଏବଂ ଏଥିରେ କୌଣସି ୱେୟାରଲେସ୍ ଯୋଗାଯୋଗ କ୍ଷମତା ନାହିଁ। ଏହା ଏକ ଖବରକାଗଜ ଦ୍ୱାରା ପ୍ରସାରିତ ଏକ ସମ୍ପୂର୍ଣ୍ଣ ମିଛ ଯାହାକୁ କିଛି ନେତା ମିଥ୍ୟା କାହାଣୀ ସୃଷ୍ଟି କରିବା ପାଇଁ ବ୍ୟବହାର କରୁଛନ୍ତି ।






## ଆହୁରି ତିନିଦିନ କଲବଲ କରିବ ଗୁଳୁଗୁଳି

ଭୁବନେଶ୍ୱର ,୧୬/୦୬((ପି.ଏନ): ରାଜ୍ୟରେ ଏବେ ତାତି ସାଙ୍ଗକୁ ଅସହ୍ୟ ହେଲାଣି ଗୁଳୁଗୁଳି। ପଶ୍ଚିମ ଓଡ଼ିଶାରେ ହିଟ୍‌ୱେଭ୍ ଜାରି ରହିଥିବା ବେଳେ ଉପକୂଳରେ କଲବଲ କରୁଛି ଗୁଳୁଗୁଳି। ଆସନ୍ତା ୧୮ତାରିଖ ପର୍ଯ୍ୟନ୍ତ ଏହିଭଳି ଗୁଳୁଗୁଳି ଲାଗି ରହିବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପଣିପାଗ ବିଜ୍ଞାନ କେନ୍ଦ୍ର ନିର୍ଦ୍ଦେଶିକା ମନୋନରମା ମହାନ୍ତି ଶନିବାର ସୂଚନା ଦେଇଛନ୍ତି। ଆସନ୍ତା ତିନିଦିନ ପର୍ଯ୍ୟନ୍ତ ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ ଓ ଗଜପତି ଆଦି ୧୧ଜିଲାକୁ ଗୁଳୁଗୁଳି ନେଇ ୟେଲୋ ୱାର୍ନିଂ ଜାରି କରାଯାଇଛି। ସେପଟେ ଶନିବାର ବାରିପଦାରେ ସର୍ବାଧିକ ୪୩.୮ଡିଗ୍ରୀ ତାପମାତ୍ରା ରେକର୍ଡ କରାଯାଇଥିବା ବେଳେ ଝାରସୁଗୁଡ଼ାରେ ୪୩.୬, ନୂଆପଡ଼ା ୪୩, ସମ୍ବଲପୁର ୪୨.୮, ସୁନ୍ଦରଗଡ଼ ୪୨, ହୀରାକୁଦ ୪୨.୫, ତାଳଚେର ୪୨.୬, ରାଉରକେଲା ୪୨.୬, ଭବାନିପାଟଣା ୪୧.୬, ବଲାଙ୍ଗୀର ୪୨.୨, ଟିଟିଲାଗଡ଼ ୪୨, ସୋନପୁର ୪୨.୩, ନୟାଗଡ଼ ୪୧, ବୌଦ୍ଧ ୪୧.୮, ପାରାଳଖେମୁଣ୍ଡି ୪୦.୬, ଢେଙ୍କାନାଳ ୪୦.୫, ବାଲେଶ୍ୱରରେ ୪୦ଡିଗ୍ରୀ ସେଲସିୟସ ଦିନତାପମାତ୍ରା ରହିଥିଲା।

## ଆକ୍ସନ ମୁଡ୍‌ରେ ଅମିତ ଶାହା ଡାକିଲେ ଉଚ୍ଚସ୍ତରୀୟ ବୈଠକ



ଶ୍ରୀନଗର :୧୬/୦୬((ପି.ଏନ): ନିକଟରେ ଜମ୍ମୁ କଶ୍ମୀରରେ ହୋଇଥିବା ଆତଙ୍କବାଦୀ ଆକ୍ରମଣ ପରେ ସରକାର କାର୍ଯ୍ୟାନୁଷ୍ଠାନ ପାଇଁ ପ୍ରସ୍ତୁତି ଆରମ୍ଭ କରିଛନ୍ତି। କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ରବିବାର ନର୍ଥ ବ୍ଲକରେ ଏକ ବୈଠକ କରି କେନ୍ଦ୍ରଶାସିତ ଅଞ୍ଚଳର ସୁରକ୍ଷା ସ୍ଥିତିକୁ ଅନୁଧ୍ୟାନ କରିଛନ୍ତି। ଆତଙ୍କବାଦୀ ବିରୋଧୀ କାର୍ଯ୍ୟକୁ ଆହୁରି ଜୋରଦାର କରିବାକୁ ସେ ନିର୍ଦ୍ଦେଶାବଳୀ ଦେବାକୁ ଯାଉଛନ୍ତି। ଜୁନ ୨୯ରୁ ବାର୍ଷିକ ଅମରନାଥ ତୀର୍ଥଯାତ୍ରା ପାଇଁ ସ୍ୱରାଷ୍ଟ୍ର ମନ୍ତ୍ରୀ ମଧ୍ୟ ସମୀକ୍ଷା କରୁଛନ୍ତି। ଏହି ବୈଠକରେ ବହୁ ବରିଷ୍ଠ ଅଧିକାରୀ ମଧ୍ୟ ଭାଗ ନେଇଛନ୍ତି। ତିନି ଦିନ ପୂର୍ବେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ମଧ୍ୟ ଏଭଳି ବୈଠକ କରିଥିଲେ। ଏଥିରେ ତୀର୍ଥଯାତ୍ରୀଙ୍କୁ ନେଇ ଯାଉଥିବା ଏକ ବସ୍‌ରେ ଜମ୍ମୁରେ ହୋଇଥିବା ଆକ୍ରମଣ ସମେତ ଅନେକ ଆତଙ୍କବାଦୀ ଘଟଣା ପରେ ସେ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଆତଙ୍କବାଦ ବିରୋଧୀ କ୍ଷମତା ପୂର୍ଣ୍ଣ ଶକ୍ତି ସହିତ ନିୟୋଜିତ କରିବାକୁ ପ୍ରଧାନମନ୍ତ୍ରୀ କହିଛନ୍ତି। ଏକ ସପ୍ତାହ ପୂର୍ବରୁ ଜମ୍ମୁର ରିଆସି ଜିଲାରେ ଭକ୍ତଙ୍କୁ ନେଇ ଯାଉଥିବା ବସ ଉପରେ ଆତଙ୍କବାଦୀମାନେ ଆକ୍ରମଣ କରିଥିଲେ। ଏଥିରେ ୯ ଜଣଙ୍କର ମୃତ୍ୟୁ ଘଟିଥିଲା। ଜମ୍ମୁ କଶ୍ମୀରର ସୁରକ୍ଷା ସମ୍ପର୍କରେ ଆୟୋଜିତ ଏହି ବୈଠକରେ ରାଷ୍ଟ୍ରୀୟ ସୁରକ୍ଷା ପରାମର୍ଶଦାତା ଅଜିତ ଡୋଭାଲ, ଜମ୍ମୁ କଶ୍ମୀରର ଲେଫ୍ଟନାଣ୍ଟ ଗଭର୍ନର ମନୋଜ ସିହ୍ନା, ସେନା ମୁଖ୍ୟ ଜେନେରାଲ ମନୋଜ ପାଣ୍ଡେ, ପରବର୍ତ୍ତୀ ସେନା ମୁଖ୍ୟ ଲେଫ୍ଟନାଣ୍ଟ ଜେନେରାଲ ଉପେନ୍ଦ୍ର ଦ୍ୱିବେଦୀ ଏଥିରେ ଯୋଗ ଦେଇଛନ୍ତି ।

## ରଥଯାତ୍ରା ପାଇଁ ମୁଖ୍ୟମନ୍ତ୍ରୀଙ୍କ ଗୁରୁତ୍ୱପୂର୍ଣ୍ଣ ବୈଠକ



ଭୁବନେଶ୍ୱର,୧୬/୦୬((ପି.ଏନ): ସ୍ନାନପୂର୍ଣ୍ଣିମା ଓ ରଥଯାତ୍ରା ପ୍ରସ୍ତୁତି ପାଇଁ ମୁଖ୍ୟମନ୍ତ୍ରୀ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ କରିଛନ୍ତି। ଶୃଙ୍ଖଳିତ ରଥଯାତ୍ରା ନେଇ ବୈଠକରେ ଆଲୋଚନା ହୋଇଛି। ଏହି ବୈଠକରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଅଧକ୍ଷତା କରିଛନ୍ତି। ଏଥିରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ମୁଖ୍ୟ ଶାସନ ସଚିବ ପ୍ରଦୀପ ଜେନା, ଗୁଇନ୍ଦା ନିର୍ଦ୍ଦେଶକ ସୌମେନ୍ଦ୍ର ପ୍ରିୟଦର୍ଶୀ, ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ପୁଲିସ ଡିଜି ଅରୁଣ ଷଡ଼ଙ୍ଗୀ ପ୍ରମୁଖ ଉପସ୍ଥିତ ଥିଲେ। ଚଳିତ ବର୍ଷ ୧୫ ଦିନ ବଦଳରେ ୧୩ ଦିନ ହେବ ଅଣସର ନୀତି । ରଥଟଣା ପାଇଁ ହାତରେ ୨ ଦିନ ସମୟ କମ ଥିବାରୁ ନୀତିକାନ୍ତି ନେଇ ଚିନ୍ତାରେ ପଡ଼ିଛନ୍ତି ସେବାୟତ। ଶୃଙ୍ଖଳିତ ନୀତି ପାଇଁ ସମସ୍ତ ସେବାୟତଙ୍କ ସହଯୋଗ ମଧ୍ୟ ଲୋଡ଼ାଯାଇଛି । ବୈଠକ ପରେ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଶୃଙ୍ଖଳିତ ରଥଯାତ୍ରା ନେଇ ମୁଖ୍ୟମନ୍ତ୍ରୀଙ୍କୁ ସମସ୍ତ କଥା ଅବଗତ କରାଯାଇଛି। ଏହାପରେ ସେବାୟତ ବନ୍ଧୁମାନଙ୍କ ସହ ବୈଠକ କରାଯିବ। ଏଥିପାଇଁ ସମସ୍ତଙ୍କର ସହଯୋଗ କାମନା କରାଯାଇଛି।









# ଟି ଟାଇମ୍

## ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚାଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

## ମୋଗଲ ଯୁଗର ଘଂଟେଓ୍ୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଂଟେଓ୍ୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଂଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଂଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।



## ପୁରାଣ କାହାଣୀ

# ନାରୀଙ୍କ ସାତଟି ବିଶେଷ ଗୁଣ



ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ୍ୟ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହିଗୁଣଗୁଡ଼ିକ ହେଉଛି କୀର୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା'ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୃଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନି ସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

## କୁକୁର ପେଟରେ ଅଜବ ଖାଦ୍ୟ



ଆମେରିକାର ପେନ୍ସିଲଭେନିଆ ପ୍ରାନ୍ତର ଏକ ଭାଗରେ ଜଣେ ବ୍ୟକ୍ତି ୮ବର୍ଷ ପର୍ଯ୍ୟନ୍ତ ଲେବ୍ରାଡୋର ନାମକ ଏକ କୁକୁରକୁ ଘରେ ପାଳୁଥିଲେ । ହଠାତ୍ କୁକୁରର ଶରୀର ଅସୁସ୍ଥ ହେବାରୁ ଔଷଧ କିଣି ଖୁଆଇଥିଲେ । କିନ୍ତୁ ଲେବ୍ରାଡୋରର ଅବସ୍ଥାରେ ସୁଧାର ଆସିନଥିଲା । କୁକୁରଟି ପେଟ ଯନ୍ତ୍ରଣାରେ ବହୁତ କଷ୍ଟ ପାଇବାରୁ କୁକୁରର ମାଲିକ ଡାକ୍ତରଖାନା ନେଇଯାଇଥିଲେ । ଡାକ୍ତରଖାନାରେ କୁକୁର ପେଟ ଏକ୍ସରେ ହେବା ଫଳରେ ସମସ୍ତ କଥା ପଦାକୁ ଆସିଯାଇଥିଲା । ପ୍ରକୃତରେ କୁକୁରଟିର ପେଟରେ ଯନ୍ତ୍ରଣା ହେବାର କାରଣ ହେଉଛି, ତା'ର ପେଟରେ କେତେକ ଅଖାଦ୍ୟ ରହିଥିଲା । ପେଟରୁ ୬୨ଟି ମୁଣ୍ଡ, କେଶ ବନ୍ଧା ବ୍ୟାଣ୍ଡ ଓ ୮ଟି ଅନ୍ତଃବସ୍ତ୍ର ବାହାରିଥିଲା । ଯାହାକୁ ସେ ଖାଇ ଦେଇଥିଲା । ଦୀର୍ଘ ଦୁଇ ଘଂଟାର ଅସ୍ତ୍ରୋପଚାର କରି କୁକୁରର ପେଟରୁ ଏସବୁ ଅଖାଦ୍ୟ ବାହାର କରାଯାଇଥିଲା ।

## ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା



ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ । ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କୈନ୍ଦ୍ରିକ ପରିବାର। ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

## ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥ୍‌ରୁମ୍ ଭିତରେ ପଶିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

## ଓଲଟା ଚାଲିବାର ଅଭ୍ୟାସ





ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡି ଚଢିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।


## ଆଜିର ଭାଗ୍ୟ



ମେଷ
ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।



ବୃଷ
ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।



ମିଥୁନ
ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।



କର୍କଟ
ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।


ସିଂହ
ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ଦାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।


କନ୍ୟା
ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।


ତୁଳା
ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।


ବିଛା
ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।


ଧନୁ
ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।


ମକର
କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।


କୁମ୍ଭ
ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।


ମୀନ
ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

ସଂ ଗଚ୍ଛଧ୍ବଂ ସଂ ବଦଧ୍ବଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪




**ଭୁବନେଶ୍ୱର, ୨୦୨୪, ଜୁନ୍ ୧୭**

# ରେଟ ସିଣ୍ଡ୍ରୋମ


ପ୍ରଫେସର ଡାକ୍ତର ଜ୍ୟୋତିରଞ୍ଜନ ଚମ୍ପତିରାୟ

ରେଟ ସିଣ୍ଡ୍ରୋମ ଏକ ପ୍ରକାର ଆନୁବଂଶିକ ବିକାର ଅଟେ। ଝିଅ ମାନଙ୍କ ଠାରେ ଏହି ସମସ୍ୟା ଅଧିକ ଦେଖିବାକୁ ମିଳେ। ପିଲାଦିନରୁ ରେଟ ସିଣ୍ଡ୍ରୋମ ସମସ୍ୟା ବିକଶିତ ହୋଇଥାଏ। ଯଦି କୁନି ପିଲାଙ୍କୁ ରେଟ ସିଣ୍ଡ୍ରୋମ ହୋଇଥାଏ ତେବେ ଏହା ସେମାନଙ୍କ କଥା କହିବା, ଚାଲିବା, ଖାଇବା ଓ ନିଶ୍ୱାସ ପ୍ରଶ୍ୱାସ ନେବା ଉପରେ ପ୍ରଭାବ ପକାଇଥାଏ। ଚାରି ବର୍ଷ ବୟସରୁ ଏହି ସମସ୍ୟା ଆରମ୍ଭ ହୁଏ। ଯେତେବେଳେ ପିଲା ବଡ଼ହୁଏ ସେମାନେ ଚିଡ଼ଚିଡ଼ା ହୋଇଯାଆନ୍ତି। ଏହାସହ କେତେକ ଅସ୍ୱାଭାବିକ ଶାରୀରିକ ଲକ୍ଷଣ ଓ ଆଚରଣ ମଧ ପିଲାଠାରେ ଦେଖିବାକୁ ମିଳିଥାଏ। କେତେକ କ୍ଷେତ୍ରରେ ପିଲାମାନେ ଅଣନିଃଶ୍ୱାସୀ ହୋଇପଡ଼ିବା ସହ ଭିଡ଼, ପାହାଚ ଚଢ଼ିବା ବା ଖାଦ୍ୟପେୟର ଅନିୟମିତ ହେଲେ ସେମାନଙ୍କୁ ଅସହଜ ଲାଗିଥାଏ। ତେବେ ଆସନ୍ତୁ ଜାଣିବା ଏହାର ଲକ୍ଷଣ, କାରଣ ଓ ଚିକିତ୍ସା ବିଷୟରେ। ରଟ ସିଣ୍ଡ୍ରୋମ ରୋଗର ପ୍ରମୁଖ ଲକ୍ଷଣ ଗୁଡ଼ିକ ହେଉଛି କଥା କହିବାରେ ସମସ୍ୟା ହେବା, ହାତରେ ଅଜବ ଗତି ଅନୁଭବ କରିବା, ମାନସିକ ବିକାଶରେ ବାଧା ସୃଷ୍ଟି ହେବା, ବାତ ମାରିବା, ଠିକ ଭାବେ ନିଦ ନ ହେବା, ଶ୍ୱାସକ୍ରିୟାରେ ସମସ୍ୟା, ମେରୁଦଣ୍ଡ ହାଡ଼ ଯନ୍ତ୍ରଣା ହେବା। ଅନେକଙ୍କ ଭିତରେ ପ୍ରଶ୍ନ ଉଠିବା ସ୍ୱାଭାବିକ ଯେ ଏହି ରେଟ ସିଣ୍ଡ୍ରୋମର ଉତ୍ପତ୍ତି ବା କାରଣ ଗୁଡ଼ିକ ସବୁ କ'ଣ? ରେଟ ସିଣ୍ଡ୍ରୋମ ଏମଇସିପି-୨ ନାମକ ଏକ ଜିନର ପରିବର୍ତ୍ତନ ଦ୍ୱାରା ହୋଇଥାଏ। ଏହି ଜିନରେ ୯୦୦ରୁ ଅଧିକ ପ୍ରକାରର କ୍ରୋମୋଜୋମ ମିଳିଥାଏ। ଏହି ସମସ୍ୟା ପୁଅ ମାନଙ୍କ ଠାରେ ଅଧିକ ଦେଖାଯାଏ ନାହିଁ। ଏହାର ଲକ୍ଷଣ ସାଧାରଣ ଠାରୁ ଗମ୍ଭୀର ହୋଇପାରେ। ଶିଶୁର ଶରୀରରେ ଥିବା ପୁଷ୍ଟିକର ଖାଦ୍ୟ, ତାଙ୍କ ଜୀବନଶୈଳୀ ଇତ୍ୟାଦି ଉପରେ ନିର୍ଭର କରି ଲକ୍ଷଣ ଦେଖାଦିଏ। ଏହାର ଚିକିତ୍ସା ବ୍ୟବସ୍ଥା ସମ୍ପର୍କରେ ଛୋଟିଆ ଆଲୋଚନାଟି ରଖୁଛୁ। ରେଟ ସିଣ୍ଡ୍ରୋମର କୌଣସି ଉପଶମ ନାହିଁ ସତ କିନ୍ତୁ ଲାଇଫଷ୍ଟାଇଲରେ ପରିବର୍ତ୍ତନ ଆଣି ଏହି ସମସ୍ୟାର ଲକ୍ଷଣକୁ ନିୟନ୍ତ୍ରଣ କରାଯାଇପାରିବ। ଫିଜିକାଲ ଥେରାପି ସାହାଯ୍ୟରେ ମଧ ରେଟ ସିଣ୍ଡ୍ରୋମ ଲକ୍ଷଣକୁ ନିୟନ୍ତ୍ରଣ କରାଯାଇପାରିବ। ବାତ ମାରିବା ସମସ୍ୟାକୁ ଦୂର କରିବାକୁ ହେଲେ କିଛି ଔଷଧ ସେବନ କରିପାରିବେ। ସଠିକ ଏବଂ ପୁଷ୍ଟିକର ଖାଦ୍ୟ ସାହାଯ୍ୟରେ ରେଟ ସିଣ୍ଡ୍ରୋମର ଲକ୍ଷଣକୁ ନିୟନ୍ତ୍ରଣ କରାଯାଇପାରିବ। ସର୍ବପ୍ରଥମେ ଆପଣ ପିଲାଟି ଠାରେ ଛୋଟ ସମୟରୁ ଏହାର ଲକ୍ଷଣ ଦେଖିଲେ ସରକାରୀ ବ୍ୟବସ୍ଥିତ ଡାକ୍ତରୀ ସେବାର ସୁଯୋଗ ନିଅନ୍ତୁ। ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ଏହାର ସମସ୍ତ ପରୀକ୍ଷା ନିରୀକ୍ଷା ଓ ଔଷଧର ମାଗଣା ବ୍ୟବସ୍ଥା ରଖିଛନ୍ତି। ଶିଶୁରୋଗ ବିଶେଷଜ୍ଞଙ୍କ ପରାମର୍ଶରେ ଚିକିତ୍ସାକୁ ତ୍ୱରାନ୍ୱିତ କରନ୍ତୁ। କେତେକ କ୍ଷେତ୍ରରେ ରେଟ ସିଣ୍ଡ୍ରୋମର ଗୁରୁତର ଲକ୍ଷଣ କୁହାଯାଉଥିବା ବାତ ମାରିବା ସମସ୍ୟାକୁ ନେଇ ଅଭିଭାବକମାନେ ଭୟଭୀତ ହୋଇପଡ଼ିଥାନ୍ତି। ତେବେ ଏ ନେଇ ଭୟଭୀତ ନ ହୋଇ ବରଂ ପିଲାଟିର ସ୍ୱାସ୍ଥ୍ୟଗତ ଦିଗ ପ୍ରତି ଦୃଷ୍ଟି ଦିଅନ୍ତୁ। ପିଲାକୁ ବାହାର ଖାଦ୍ୟ ଆଦୌ ଦିଅନ୍ତୁନାହିଁ। ସୁଷମ ଖାଦ୍ୟ ସବୁଠାରୁ ଭଲ। ଫଳ ଓ ତଟକା ପନିପରିବା ଉତ୍ତମ ଖାଦ୍ୟ ତାଲିକା ଭିତରେ ଯିବ। କେତେକ ଅଭିଭାବକ ପିଲାମାନଙ୍କୁ ଗୁଣିଗାରେଡ଼ି ବା ଝଡ଼ାଫୁଙ୍କା ଚିକିତ୍ସା ପାଇଁ ମନସ୍ଥ କରିଥାନ୍ତି ଏହା ପିଲାଟିର ସ୍ୱାସ୍ଥ୍ୟଗତ ଦିଗକୁ ଗୁରୁତର କରିବାର ସମ୍ଭାବନା ରହିଛି। ପିଲାଟିର ଫିଜିଓଥେରାପି ଚିକିତ୍ସା କରୁଥିଲେ ଥେରାପିଷ୍ଟଙ୍କ ପରାମର୍ଶରେ ଘରୋଇ ଭାବରେ ଏକ ସ୍ୱାସ୍ଥ୍ୟଗତ ସତର୍କତାକୁ ଗ୍ରହଣ କରନ୍ତୁ। ଶିଶୁରୋଗ ବିଶେଷଜ୍ଞଙ୍କ ପରାମର୍ଶରେ ଆପଣ ପିଲାଟିର ଚିକିତ୍ସା ଜାରି ରଖନ୍ତୁ। ପ୍ରଫେସର ଓ ବିଭାଗୀୟ ମୁଖ୍ୟ, ଶିଶୁରୋଗ ବିଭାଗ, ଫକୀରମୋହନ ମେଡ଼ିକାଲ କଲେଜ, ବାଲେଶ୍ୱର,

ଦୂରଭାଷ : ୯୪୩୭୧୨୪୦୭୪

# ନିର୍ଜଳା ଏକାଦଶୀ


ଡକ୍ଟର ତପନ କୁମାର ପାଳ

ଜ୍ୟେଷ୍ଠ ମାସ ଶୁକ୍ଳପକ୍ଷ ଏକାଦଶୀକୁ ଅପରା ବା ନିର୍ଜ୍ଜଳା ଏକାଦଶୀ କୁହାଯାଇଥାଏ । ପଦ୍ମପୁରାଣ ଅନୁଯାୟୀ, ଏହି ଏକାଦଶୀରେ ନିର୍ଜଳ ବ୍ରତ ରଖି ବିଷ୍ଣୁଙ୍କ ପୂଜା କରିବା ଦ୍ୱାରା ସମସ୍ତ ପାପ-ତାପରୁ ମୁକ୍ତି ମିଳିଥାଏ । ବ୍ରହ୍ମଦେବଙ୍କ କହିବା ମୁତାବକ ଦେବର୍ଷି ନାରଦ ଏହି ତିଥିରେ ନିର୍ଜଳ ବ୍ରତ କରିଥିଲେ । ହଜାର ବର୍ଷ ପର୍ଯ୍ୟନ୍ତ ନିର୍ଜଳ ବ୍ରତ କରିବା ଫଳରେ ତାଙ୍କୁ ଚାରିଆଡ଼େ କେବଳ ନାରାୟଣଙ୍କ ସ୍ୱରୂପ ଦେଖାଗଲା । ଶେଷରେ ଭଗବାନ ବିଷ୍ଣୁ ତାଙ୍କୁ ଦର୍ଶନ ଦେଇ ନିଶ୍ଚଳ ଭକ୍ତିର ବରଦାନ ଦେଲେ । ସେବେଠାରୁ ନିର୍ଜଳ ବ୍ରତ ପାଳନର ପରମ୍ପରା ଆରମ୍ଭ ହୋଇଛି । ଏହି ବ୍ରତ ଶ୍ରୀବିଷ୍ଣୁଙ୍କ ଅତିପ୍ରୀୟ ହୋଇଥିବା ନିର୍ଜଳା ଏକାଦଶୀ ଦିନ ଜପ-ତପ ଏବଂ ପୂଜାପାଠ କରିବା ଦ୍ୱାରା ପ୍ରାଣୀ ନାରାୟଣଙ୍କ ସାନ୍ନିଧ ଲାଭ କରିଥାଏ ଏବଂ ଜୀବନ ମୃତ୍ୟୁର ବନ୍ଧନରୁ ମୁକ୍ତ ହୋଇଥାଏ । ପୌରାଣିକ ମାନ୍ୟତା ଅନୁଯାୟୀ ଏହି ଏକାଦଶୀରେ ବ୍ରହ୍ମହତ୍ୟା ସହିତ ସମସ୍ତ ପାପରୁ ମୁକ୍ତି ମିଳିଥାଏ । ଏହି ଦିନ କୌଣସି ପ୍ରକାରର ବର୍ଜିତ କର୍ମରୁ ନିବୃତ୍ତ ରହିବା ଉଚିତ । ଦ୍ୱାପର ଯୁଗରେ ଭଗବାନ ଶିବଙ୍କ ଅଂଶାବତାର ମହର୍ଷି ବ୍ୟାସ ପାଣ୍ଡବମାନଙ୍କୁ ନିର୍ଜଳା ଏକାଦଶୀ ବ୍ରତର ମହତ୍ତ୍ୱ ବୁଝାଇଥିଲେ । ଏହି ସମୟରେ ବ୍ୟାସଦେବଙ୍କୁ ଭୀମ ପଚାରିଥିଲେ, ଭଗବାନ ! ମୋ ପେଟରେ ବୃକ ନାମକ ରାକ୍ଷସ ରହିଛି । ଯାହାର ଜ୍ୱାଳାରେ ମୁଁ ଦିନରେ ବହୁବାର ଭୋଜନ କରିଥାଏ । ତାହେଲେ କ'ଣ ମୁଁ ଏକାଦଶୀ ବ୍ରତର ପୂଣ୍ୟପ୍ରାପ୍ତିରୁ ବଞ୍ଚିତ ରହିବି ? ଭୀମଙ୍କ ଜିଜ୍ଞାସାର ଉତ୍ତର ଦେଇ ବ୍ୟାସଦେବ କହିଲେ, ତୁମେ କେବଳ ବ୍ରତ ରଖ । ଯଦ୍ୱାରା ତୁମେ ସାରା ବର୍ଷରେ ପଡୁଥିବା ସମସ୍ତ ଏକାଦଶୀ ବ୍ରତର ପୁଣ୍ୟ ଲାଭ କରିପାରିବ ।

*ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ, ଷ୍ଟାଫ କଲୋନୀ, ଦେଉଳ ସାହି, ତୁଳସୀପୁର, କଟକ,*

*ଦୂରଭାଷ : ୯୯୩୭୬୫୮୩୬୨ / ୭୯୭୮୭୯୬୩୩*

# ବଳିଦାନର ମହାନ ପର୍ବ ଇଦୁଲ୍-ଅଜ୍‌ହା


ମୌଲାନା ଫଜଲ ହକ ଖାଁ

ପବିତ୍ର କୁରଆନ ହଦିସ ଓ ବାଇବେଲରୁ ପ୍ରାପ୍ତ ତଥ୍ୟ ଅନୁଯାୟୀ ଚାରି ହଜାର ବର୍ଷପୂର୍ବେ ଆରବ ଭୂଖଣ୍ଡରେ ଘୋର ଅନ୍ଧ ବିଶ୍ୱାସର ବାତାବରଣ ଥିଲା । ଏକେଶ୍ୱରବାଦର କୌଣସି ଚିହ୍ନବର୍ଣ୍ଣ ନଥିଲା । ଯେତେବେଳେ ଏ ଅନ୍ଧବିଶ୍ୱାସ ସେଠାକାର ସମାଜକୁ ସଂପୂର୍ଣ୍ଣ ଗ୍ରାସ କରିବାକୁ ଲାଗିଲା ଓ କୁସଂସ୍କାର ଜଳ ସ୍ଥଳେ ସର୍ବତ୍ର ବ୍ୟାପିଗଲା , ସେତେବେଳେ (ମୁସଲମାନ ଧର୍ମବିଶ୍ୱାସ ଅନୁଯାୟୀ) ଅଲ୍ଲାଃ ଚାହିଁଥିଲେ ଯେ ଲୋକମାନେ କେବଳ ତାହାଙ୍କ ନାମ ସ୍ମରଣ କରନ୍ତୁ । ମନୁଷ୍ୟ ଜୀବବଳି ପରି କୁପ୍ରଥାରୁ ଦୂରେଇ ଯାଆନ୍ତା ଓ ସେମାନେ ଯେପରି ନର୍କଗାମୀ ହେବାରୁ ବଂଚିତ ହୋଇଯାଆନ୍ତେ । ଫଳରେ ଅଲ୍ଲାଃ ସମସ୍ତଙ୍କ ଦୃଷ୍ଟିର ଅନ୍ତରାଳରେ ରହି ଏକ ମହାନ ନାଟକର ସଂରଚନା କରିଥିଲେ, ଯାହା ସବୁ ଦିନ ପାଇଁ ସ୍ମରଣୀୟ ହୋଇ ରହିଗଲା ଏବଂ ବଳିଦାନର ପ୍ରକୃତ ଅର୍ଥ ପ୍ରକାଶ ପାଇଲା । ପ୍ରକୃତ କୁରବାନୀ କିପରି ହେବା ଦରକାର ତାହା ବୁଝାପଡ଼ିଲା । ସେଥିପାଇଁ ଆଜି ଆମେ 'କୁରବାନୀ ଇଦ'



ପାଳନ କରୁଅଛେ ।

ମୁସଲମାନ ସମ୍ପ୍ରଦାୟର ଲୋକମାନେ ରମଜାନ ଇଦ୍‌ର ପରେ ଇଦୁଲ୍ ଅଜ୍‌ହା ପାଳନ କରନ୍ତି । ଆରବୀ ଭାଷାରେ "ଆଜ୍‌ହିଆ"ର ଅର୍ଥ "କୁରବାନୀ"ବଳିଦାନ ବା ତ୍ୟାଗ ।

ପବିତ୍ର କୁରଆନର ସୁରା ଅଲ୍-ସାଫାତ୍‌ରେ ବର୍ଣ୍ଣନା କରାଯାଇଛି, ଯେ ଇବ୍ରାହିମ୍ ବୃଦ୍ଧାବସ୍ଥା ପର୍ଯ୍ୟନ୍ତ ନିଃସନ୍ତାନ ଥିଲେ ଓ ଏକ ପୁତ୍ର ସନ୍ତାନ ପାଇବା ସକାଶେ ଦୁଆ କରିଥିଲେ । ଅଲ୍ଲାଃ ତାଙ୍କୁ ଏକ ସନ୍ତାନ ଜନ୍ମର ସୁସମ୍ବାଦ ଦେଇଥିଲେ । ତେବେ ସେହି ପୁତ୍ର ସନ୍ତାନ ଅଲ୍ଲାଃଙ୍କ କହିବାନୁଯାୟୀ ଜନ୍ମ ହୋଇ ବଢ଼ିବାକୁ ଲାଗିଲା । ଯେତେବେଳେ ଏହି ବାଳକ ଖେଳକୁଦର ବୟସରେ ଉପନିତ ହେଲା, ସେତେବେଳେ ହଠାତ୍ ଦିନେ ଅଲ୍ଲାଃ ଆପଣଙ୍କୁ ସ୍ୱପ୍ନ ଦ୍ୱାରା ନିର୍ଦ୍ଦେଶ ଦେଲେ, ଯେ 'ତୁ' ତୋର ଏହି ଅତିପ୍ରିୟ ସନ୍ତାନକୁ ବଳି ଦେ । ଏହାପରେ ଇବ୍ରାହିମ ଏହି ଖବର ନିଜ ପୁତ୍ର ଇସମାଇଲ୍‌ଙ୍କୁ ଶୁଣାଇଲେ । ସେହି ଭବ୍ୟ କୋମଳମତି ଆଜ୍ଞାବହ ସନ୍ତାନ ଉକ୍ତ କଥାରେ ସମ୍ମତି ପ୍ରଦାନ କରିଥିଲେ ଓ ଏହି ନିଷ୍ପତିରେ ଅଟଳ ରହିବାର ପ୍ରତିଜ୍ଞା କରିଥିଲେ । ତା'ପରେ ହଜରତ ଇବ୍ରାହିମ ନିଜ ପୁତ୍ର ଇସମାଇଲକୁ ବଳିଦେବା ପାଇଁ ଉଦ୍ୟତ ହୁଅନ୍ତେ ତାଙ୍କୁ ଦୈବୀବାଣୀ ହେଲା, ହେ ଇବ୍ରାହିମ ! ତୁମେ ଏହି ପରୀକ୍ଷାରେ ଉତୀର୍ଣ୍ଣ ହୋଇଛ । ତୁମ ପାଇ ଏହା ଏକ ପରୀକ୍ଷା ଥିଲ। ତୁମେ ପ୍ରକୃତରେ ପୁନ୍ୟବାନ । ଏବଂ ତୁମେ ଏକ ଅଣ୍ଡିରା ମେଷକୁ ବଳିଦିଅ, ଯାହା ତୁମ ପୁତ୍ରବଳିର ପ୍ରତିବଦଳ ହେବ । ଅଲ୍ଲାଃ ତୁମକୁ ଉପଯୁକ୍ତ ପୁରସ୍କାର ଅବଶ୍ୟ ପ୍ରଦାନ କରିବେ ଏବଂ ତୁମ ଆଗାମୀ ବଂଶଧରଙ୍କ ପାଇଁ ଏହି ପୂଣ୍ୟକର୍ମ ଏକ ଆଦର୍ଶ ଦୃଷ୍ଟାନ୍ତ ହୋଇ ରହିବ। ଯେହେତୁ ସେତେବେଳେ ମଣିଷ ବଳିର ପ୍ରଚଳନ ଥିଲା, ତେଣୁ ହଜରତ ଇବ୍ରାହିମ ମଧ ଭ୍ରମରେ ପଡ଼ିଯାଇ ନିଜ ପୁତ୍ରକୁ ବଳି ଦେବାପାଇଁ ନେଇ ଯାଇଥିଲେ । କିନ୍ତୁ ଅଲ୍ଲାଃଙ୍କ ନିର୍ଦ୍ଦେଶ ଅନୁସାରେ ହଜରତ ଇବ୍ରାହିମ ପୁତ୍ରବଳି ପରିବର୍ତେ ମେଷବଳି ଦେଇଥିଲେ, ସେହି ସମୟ ଠାରୁ ପଶୁବଳି ପ୍ରଥା ପ୍ରଚଳନ କରିଥିଲେ ଏବଂ ମନୁଷ୍ୟବଳି ସବୁଦିନ ପାଇଁ ବନ୍ଦ କରି ଦେଇଥିଲେ । ଏହାପରେ ଯେତେବେଳେ ଲୋକମାନଙ୍କ ମଧ୍ୟରେ ଏଭଳି ଅନ୍ଧବିଶ୍ୱାସର ଉଦ୍ରେକ ହୋଇଥିଲା, ହଜରତ ଇବ୍ରାହିମ୍‌ଙ୍କ ଉପରେ ବିଶ୍ୱାସ ରଖୁଥିବା ଲୋକମାନେ ଏହାର ପ୍ରବଳ ବିରୋଧ କରିଥିଲେ ।

ଜଣେ ମୂର୍ତି ତିଆରି କରୁଥିବା ବାପର ପୁତ୍ର ହୋଇ ମଧ ହଜରତ ଇବ୍ରାହିମ ଏକ ନିରାକାର ପ୍ରଭୁଙ୍କର ଭକ୍ତ ହୋଇ ପାରିଥିଲେ । ନରବଳିକୁ ଉଚ୍ଛେଦ କରି ପଶୁବଳି ପ୍ରଚଳନ କରିଥିଲେ । ତେଣୁ ବଡ଼ବଡ଼ ଧର୍ମ ସଂପ୍ରଦାୟରେ ହଜରତ ଇବ୍ରାହିମ୍‌ଙ୍କୁ ଜଣେ ସଂସ୍କାରକ ଓ ଯୁଗ ପ୍ରବର୍ତକ ଭାବରେ ସମ୍ମାନ ଦିଆଯାଉଛି ଏବଂ ଇସଲାମ ଧର୍ମରେ ତାଙ୍କୁ ନବି(ଅବତାର)ଙ୍କ ସ୍ଥାନ ଦିଆଯାଇଛି । ମୁସଲମାନ ମାନେ ଯେତେବେଳେ ହଜରତ ମୁହମ୍ମଦ ସଲ୍ଲମଙ୍କୁ ଦରୁଦ୍ ପଠାଇଥାନ୍ତି, ସେତେବେଳେ ହଜରତ ଇବ୍ରାହିମଙ୍କ ନାମ ମଧ ନେଇଥାନ୍ତି ।

ଦୈବୀବାଣୀ ପରେ ଆଉ ଏକ ଘଟଣା ଘଟିଥିଲା । ଯାହାଦ୍ୱାରା ହଜରତ ଇବ୍ରାହିମଙ୍କୁ ନିଜ ପତ୍ନୀ ଓ ପୁତ୍ରଙ୍କ ଠାରୁ ପୃଥକ ହେବାକୁ ପଡ଼ିଥିଲା । ଏହା ମଧ ଅଲ୍ଲାଃଙ୍କ ନିର୍ଦ୍ଦେଶ ଅନୁସାରେ ହୋଇଥିଲା । କିଛି ଲୋକ ହଜରତ ଇବ୍ରାହିମଙ୍କୁ ଏକ ସତ୍ୟବାଦୀ ପୁରୁଷ ଭାବେ ଗ୍ରହଣ କରି ତାଙ୍କର ଅନୁଗାମୀ ହୋଇଥିଲେ । ଯେହେତୁ ହଜରତ ଇବ୍ରାହିମ ଏକେଶ୍ୱରବାଦର ପ୍ରଚାର କରୁଥିଲେ, ଅନୁଗାମୀମାନେ ଏହାକୁ ସତ୍ୟ ସିଦ୍ଧାନ୍ତ ଭାବେ ଗ୍ରହଣ କରିଥିଲେ । ହଜରତ ଇବ୍ରାହିମଙ୍କୁ ଅଲ୍ଲାଃ ନିର୍ଦ୍ଦେଶ ଦେଲେ ଯେ ତୁମେ ନିଜ ପତ୍ନୀ ହଜରତ ହାଜ୍‌ରାଙ୍କୁ ଓ ପୁତ୍ର ହଜରତ ଇସମାଇଲଙ୍କୁ ନେଇ ଏକାନ୍ତରେ ଛାଡ଼ିଆସ । ସେ ଅଲ୍ଲାଃଙ୍କ ଆଜ୍ଞା ପାଳନ କରି ତାହା ହିଁ କରିଥିଲେ । ଛଅ ବର୍ଷର ପୁତ୍ର ଓ ହଜରତ ହାଜରାଙ୍କୁ ସାଙ୍ଗରେ ନେଇ ଏକ ନିର୍ଜନ ବାଲୁକାମୟ ମରୁଭୂମିରେ ଛାଡ଼ି ଆସିଲେ । ଏହି ଘଟଣା ଆଉ ଏକ ସତ୍ୟ ଘଟଣାର ସୂତ୍ରପାତ କଲା । ନିଜ ପତ୍ନୀ ଓ ପୁଅକୁ ଆରବର ମକ୍କା ମରୁପ୍ରାନ୍ତରେ ଛାଡ଼ି ଆସିବା ପରେ ସେଠାରେ ମାତା ଓ ପୁତ୍ରଙ୍କର ବଂଚିବାର ଏକମାତ୍ର ସମ୍ବଳ ଥିଲା, ଅଳ୍ପ ପାଣି ଓ କିଛି ଖଜୁରୀ କୋଳି । ହଜରତ ଇବ୍ରାହିମ ଘର ମୁହାଁ ହେଲା ବେଳେ ପତ୍ନୀ ହାଜରା ପଚାରିଥିଲେ, ଏପରି କରିବାର ଉଦ୍ଦେଶ୍ୟ



କ'ଣ ? ବାରମ୍ବାର ଏହି ପ୍ରଶ୍ନ କରନ୍ତେ ହଜରତ ଇବ୍ରାହିମ ଲୋକତପୂର୍ଣ୍ଣ ଚକ୍ଷୁରେ ଉପରକୁ ଇଙ୍ଗିତ କରିଥିଲେ । ହଜରତ ହାଜରା ବୁଝିପାରିଲେ ଯେ ଏହା ଆଲ୍ଲାଃଙ୍କ ନିର୍ଦ୍ଦେଶ । ସେ କହିଲେ, "ଯଦି ଏହା ଅଲ୍ଲାଃଙ୍କର ଇଚ୍ଛା, ତେବେ ଆପଣ ଆମକୁ ନିଶ୍ଚିତ ହୋଇ ଏଠାରେ ଛାଡ଼ି ଯାଆନ୍ତୁ। ଅଲ୍ଲାଃ ଆମକୁ କେବେହେଲେ ନଷ୍ଟ କରିବେ ନାହିଁ ।" କିଛି ଦିନପରେ ପାଖରେ ଥିବା ଖଜୁରୀ କୋଳି ଓ ପାଣି ସରିଗଲା । ଶିଶୁ ପୁତ୍ର ଇସମାଇଲଙ୍କୁ ପ୍ରବଳ ଶୋଷ ହେଲା ଓ ସେ କାନ୍ଦିବାକୁ ଲାଗିଲେ । ହଜରତ ହାଜରା ଅତି ବ୍ୟାକୁଳ ହୋଇ ଅନତି ଦୂରରେ ଥିବା ଦୁଇଟି ପାହାଡ଼ "ସଫା" ଏବଂ "ମରଓ୍ୱା" ଉପରେ ସାତଥର ଚଢ଼ି ପାଣି ଖୋଜିଲେ । କୌଣସି ସ୍ଥାନରେ ପାଣିର ସନ୍ଧାନ ମିଳିଲା ନାହିଁ । ହଜରତ ହାଜରା ଆର୍ତନାଦ କରିଥିଲେ" କ'ଣ ଅଲ୍ଲାଃଙ୍କର କେହି ପୁଣ୍ୟବନ୍ତ ଭକ୍ତ ଅଛି, ଯେ ଆମକୁ ପାଣି ଯୋଗାଇ ପାରିବ ?" ସେତେବେଳେ ଦୈବୀବାଣୀ ଦ୍ୱାରା ତାଙ୍କୁ ଜଣାଇ ଦିଆଗଲା ଯେ ତୁମ ସନ୍ତାନର ଆବଶ୍ୟକତା ପୂରଣ ହୋଇଯାଇଛି । ସତକୁ ସତ ସେ ପାହାଡ଼ରୁ ତଳକୁ ଓହ୍ଲାଇ ଦେଖିଲେ ଯେ ହଜରତ ଇସମାଇଲଙ୍କ ଗୋଇଠି ଘର୍ଷଣରୁ ବାଲି ମଧ୍ୟରୁ ଏକ କ୍ଷୁଦ୍ର ଝରଣା ସୃଷ୍ଟି ହୋଇଛି । ସେମାନେ ସେହି ଝରଣା କୂଳରେ ନିଜର ଡ଼େରା ପକାଇଲେ । କ୍ରମଶଃ ସେହି ସ୍ଥାନ ବଣିକମାନଙ୍କର ମଧ ଏକ ବିଶ୍ରାମଗାରରେ ପରିବର୍ତିତ ହେଲା । ଏହି ସ୍ଥାନକୁ ଏକ ପବିତ୍ର ସ୍ଥାନ ରୂପେ ଗ୍ରହଣ କରାଯାଏ ଓ ଏଠାରୁ ଯେଉଁ ପାଣି ବାହାରିଥିଲା, ପରବର୍ତୀ ସମୟରେ ତାହା ଏକ ଝରଣାରେ ପରିଣତ ହେଲା । ଏବଂ ଏହା''ଆବେ ଜମ୍ ଜମ୍"(ଅର୍ଥାତ୍ ଏ ପାଣି ତୁ ଅଟକି ଯା') ନାମରେ ବିଖ୍ୟାତ । କୁରବାନୀର ଅନ୍ତର୍ନିହିତ ଶିକ୍ଷା ହେଉଛି "ନିଜର ସର୍ବସ୍ୱକୁ ଈଶ୍ୱରଙ୍କ ପାଇଁ ଓ ମାନବ କଲ୍ୟାଣ ପାଇଁ ଉତ୍ସର୍ଗ କରିଦେବା ।'' ହଜରତ ଇବ୍ରାହିମଙ୍କ ସମୟରେ ପଶୁବଳି ପ୍ରଥା ପ୍ରଚଳିତ ହୋଇଥିଲା । ଏହାକୁ ସେ ସମୟର ଖ୍ରୀଷ୍ଟିଆନ ଓ ଯହୁଦୀ ଧର୍ମାଲମ୍ବୀମାନେ ମଧ ଗ୍ରହଣ କରିଥିଲେ । ପରବର୍ତୀ ସମୟରେ ଏହି ପଶୁବଳି ପ୍ରଥାକୁ ହଜରତ ମହମ୍ମଦ ସଲ୍ଲମ ନୀୟମିତ ରୀତିରେ ପରିଣତ କରିଥିଲେ । ସମସ୍ତ ହଜ ଯାତ୍ରୀଙ୍କ ସକାଶେ ପଶୁବଳି ଦେବା ଧାର୍ଯ୍ୟ କରି ଦିଆଗଲା । ସମଗ୍ର ମୁସଲମାନମାନଙ୍କ ପାଇଁ କୁରବାନୀ କରିବାକୁ ଏକ ଆଦର୍ଶ ଭାବେ ଗ୍ରହଣ କରାଗଲା । କେତେକ ଅନୁଚରଙ୍କ ପ୍ରଶ୍ନର ଉତର ଦେଇ କୁରବାନୀର ଉଦ୍ଦେଶ୍ୟ ଓ ମହତ୍ୱ ବିଷୟରେ ନବି ଶ୍ରେଷ୍ଠ ହଜରତ ମୁହମ୍ମଦ ସଲ୍ଲମ କୁହନ୍ତି ଯେ 'ଏହା ହେଉଛି ସୁନ୍ନତ୍(ମୋର ଅନୁସୃତ ପନ୍ଥା) । ଏହାପରେ ଅଲ୍ଲାଃ ପବିତ୍ର କୋରାନର ସୁରା ଅଲ୍ ହଜରେ ଏହି ଆୟତ ଅବତୀର୍ଣ୍ଣ କଲେ "ତୁମ୍ଭମାନଙ୍କ କୁରବାନୀ ପଶୁର ମାଂସ ବା ରକ୍ତ ଅଲ୍ଲାଃଙ୍କ ଠାରେ ଗୃହୀତ ହୁଏ ନାହିଁ । ଯାହା ଗୃହୀତ ହୁଏ, ତାହା ହେଉଛି ଅଲ୍ଲାଃଙ୍କ ପ୍ରତି ଭକ୍ତି ।" ଅନ୍ୟ ଧର୍ମାବଲମ୍ବୀଙ୍କର କୁରବାନୀ ପ୍ରଥାଠାରୁ ଇସଲାମୀ କୁରବାନୀ ପ୍ରଥାରେ ପାର୍ଥକ୍ୟ ରହିଛି । ହଜରତ ମୁହମ୍ମଦ ସଲ୍ଲମଙ୍କ ଶିକ୍ଷାରେ ଅନୁପ୍ରାଣୀତ ହୋଇ ଏଯୁଗର କଳକୀ ଅବତାର ତଥା ଅହମଦୀୟା ମୁସଲିମ ସଂପ୍ରଦାୟର ସଂସ୍ଥାପକ ହଜରତ ମିର୍ଜା ଗୁଲାମ ଅହମଦ ନିଜ ପୁସ୍ତକ "ଖୁତ୍‌ବା ଇଲ୍‌ହାମିଆ"ରେ ବ୍ୟାଖ୍ୟା କରିଛନ୍ତି ଯେ ଯେଉଁବ୍ୟକ୍ତି ନିଜକୁ ଅଲ୍ଲାଃ ପାଖରେ ଆତ୍ମ ସମର୍ପଣ କରିଦିଏ... । ସେ ହିଁ ପ୍ରକୃତ ମୁସଲମାନ ପଦବାଚ୍ୟ।

ସୁତରାଂ ଏହି ଇଦ୍‌ର ଶିକ୍ଷା ହେଉଛି ତ୍ୟାଗର ମନଭାବ ନେଇ ପ୍ରଥମେ କିଛି ଅଲ୍ଲାଃଙ୍କ ଉଦ୍ଦେଶ୍ୟରେ ଓ ମାନବ କଲ୍ୟାଣ ପାଇଁ ଉତ୍ସର୍ଗ କର । ଏହାପରେ ଯେଉଁ ଆନନ୍ଦ ମିଳେ ତାହା ହିଁ ପ୍ରକୃତ ଆନନ୍ଦ । ଇଦୁଲ୍ ଅଜିହା ଆମକୁ କେବଳ ପଶୁବଳି ଦେବାର ଶିକ୍ଷା ଦେଇନଥାଏ,ବରଂ ଆମେ ନିଜର ଧନ-ଜନ, ମାନ-ସମ୍ମାନ, ଓ ସମୟର କୁରବାନୀ ଦେଇ ଅଲ୍ଲାଃଙ୍କ ସାନିଧ୍ୟ ହାସଲ କରିବା ଓ ମାନବ କଲ୍ୟାଣ ପାଇଁ ନିଜକୁ ଉତ୍ସର୍ଗ କରିବାର ପାଇଁ ମଧ ଶିକ୍ଷା ଦେଇଥାଏ । ଏହାହିଁ ହେଉଛି, ସମୟର ଆହ୍ୱାନ ।

*ମଙ୍ଗଳାବାଗ-କଟକ*

*ମୋ :୯୬୯୨୨୨୫୦୫୭*

# ଶରୀରକୁ ଫିଟ୍ ରଖେ ଦୋଳି


ଡାକ୍ତର କାନ୍ତୀ ନାୟକ

ରଜ ପର୍ବ ଭିତରେ ଝିଅ ଆଉ ମହିଳା ମାନଙ୍କ ସବୁଠାରୁ ଆକର୍ଷଣୀୟ ଦୁର୍ବଳତା ହେଉଛି ରଜ ଦୋଳି। ରଜ ଦୋଳି ଏଯାବତ ବିଭିନ୍ନ କେବଳ ଗାଁ ଗଣ୍ଡାରେ ନୁହେଁ ସହରରେ ମଧ ଏହି ଦୋଳିର ଆକର୍ଷଣ ବଢୁଛି। ତେବେ ଆମେ ଏହି ରଜ ଦୋଳି ଆଲୋଚନା ସମୟରେ ଆସନ୍ତୁ ଟିକିଏ ଜାଣିବା ପ୍ରକୃତରେ ଶରୀର ପାଇଁ ଦୋଳିର ଆବଶ୍ୟକତା କେତେ ?

ସାଧାରଣତଃ ସମସ୍ତେ ଭାବନ୍ତି ଛୋଟ ପିଲାମାନେ ଦୋଳି ଖେଳିବା ଦରକାର। ବୟସ୍କଙ୍କ ଏହା ଆବଶ୍ୟକତା ନାହିଁ। ହେଲେ ଧାରଣା ଏକଦମ ଭୁଲ। ଛୋଟଠାରୁ ବୟସ୍କ ସମସ୍ତେ ଦୋଳି ଖେଳିବା ଦରକାର। ଏହାଦ୍ୱାରା ମନୋରଞ୍ଜନ ହେବା ସହ ବ୍ୟାୟାମ ହୋଇଥାଏ। ଏହାଦ୍ୱାରା ଶରୀର ମଧ ସୁସ୍ଥ ରହେ। ଦୋଳି ଖେଳିବା ଦ୍ୱାରା ଶରୀରର ବିଭିନ୍ନ ଅଙ୍ଗପ୍ରତ୍ୟଙ୍ଗର ଏକ୍ସରସାଇଜ୍ ହୋଇଥାଏ। ଗୋଡ଼, ହାତ, ଛାତି, ପେଟ ଓ ମସ୍ତିଷ୍କ ଆଦିର ବ୍ୟାୟାମ ହୋଇଥାଏ। ଏହାଦ୍ୱାରା ବିଭିନ୍ନ ରୋଗ ଦୂର ହୋଇଥାଏ। କେଉଁ କେଉଁ ରୋଗ ଦୂର ହୁଏ ଦୋଳି ଖେଳିବା ଦ୍ୱାରା। ଆଣ୍ଠୁଗଣ୍ଠି ଯନ୍ତ୍ରଣା ଦୂର କରିଥାଏ ଦୋଳି ଖେଳିବା ସମୟରେ ପାଦକୁ ଭୂମିରେ ଲଗାଇ ବଳ ପ୍ରୟୋଗ କରି ଦୋଳିରେ ଆଗକୁ ଆସିବାକୁ ପଡ଼େ। ପୁନଃ ପଛକୁ ଯିବାକୁ ପଡ଼େ। ଦୋଳି ଖେଳିବା ସମୟରେ ଗୋଡ଼ ସିଧା ଲମ୍ବାଇ ତଳକୁ ରଖି ପଛକୁ ଫେରିବାକୁ ହୋଇଥାଏ। ଏହାଦ୍ୱାରା ଆଣ୍ଠୁର ବ୍ୟାୟାମ ହୋଇଥାଏ ଓ ଆଣ୍ଠୁଗଣ୍ଠି ଯନ୍ତ୍ରଣା ଆଶଙ୍କା ଦୂର ହୋଇଯାଏ। ଗୋଡ଼ର ବ୍ୟାୟାମ ହେବା ଦ୍ୱାରା ଗୋଡ଼ର ମାଂସପେଶୀ ସୁଦୃଢ଼ ହୁଏ।

ସେହିପରି ଏହା ବାହୁକୁ ଶକ୍ତ କରିଥାଏ। ଦୋଳି ଖେଳିବା ସମୟରେ ହାତର ମଧ ଏକ୍ସରସାଇଜ ହୋଇଥାଏ। ଦୋଳି ଧରି ଖେଳିବା ସମୟରେ ନିଜ ଶରୀରକୁ ଦୋଳି ଅନୁଯାୟୀ ଆଗକୁ ଓ ପଛକୁ ନେବା ପାଇଁ ହାତରେ ଦଉଡା ହେଉ କିମ୍ବା ବାଉଁଶ ଉପରେ ଚାପ ପ୍ରୟୋଗ କରିବାକୁ ପଡ଼ିଥାଏ। ଫଳରେ ହାତର ବ୍ୟାୟାମ ହୁଏ ଓ ବାହୁ ଶକ୍ତିଶାଳୀ ହୁଏ। ହାତର ଗଣ୍ଠିରେ ମଧ ଯନ୍ତ୍ରଣା ହୁଏନାହିଁ।

ହୃତପିଣ୍ଡ ସୁସ୍ଥ ରହିଥାଏ। ଦୋଳି ଖେଳିବା ଦ୍ୱାରା ହୃଦରୋଗର ଆଶଙ୍କା ହ୍ରାସ ପାଇଥାଏ। ଦୋଳି ଖେଳିବା ସମୟରେ ଛାତିର ମଧ ବ୍ୟାୟାମ ହୋଇଥାଏ। ଦୋଳିରେ ଆଗକୁ ଯିବା ସମୟରେ ଛାତିକୁ ଆଗକୁ ନେବାକୁ ପଡ଼ିଥାଏ ଏବଂ ପଛକୁ ଆସିବା ସମୟରେ ଛାତିକୁ ମଧ ପଛକୁ ଆଣିବାକୁ ପଡ଼ିଥାଏ। ଏହାଦ୍ୱାରା ଛାତିର ବ୍ୟାୟାମ ହୁଏ ଓ ହୃଦ୍‌ସ୍ପନ୍ଦନ ବୃଦ୍ଧି ହୁଏ। ଯାହାକି ହୃତ୍‌ପିଣ୍ଡକୁ ସୁସ୍ଥ ରଖିବାରେ ସହାୟକ ହୋଇଥାଏ।

ପେଟ ରୋଗ ଦୂର ହୋଇଥାଏ। ଦୋଳି ଖେଳିବା ସମୟରେ ଛାତି ଆଗକୁ ପଛକୁ କରିବା ଦ୍ୱାରା ପେଟରେ ଚାପ ପଡ଼େ। ଯାହା ପେଟରୁ ଚର୍ବିକୁ ହ୍ରାସ କରେ। ପେଟରେ ଏକ୍ସରସାଇଜ ହେବା ଦ୍ୱାରା ପେଟରୁ ଅମ୍ଳ ଦୂର ହୋଇଯାଏ, ଷ୍ଟୋନ ହୁଏ ନାହିଁ, ପାଚନ କ୍ରିୟା ସୁଦୃଢ଼ ହୁଏ ଓ ଭୋକ ଠିକ ସମୟରେ କରେ।

ଚର୍ବି ହ୍ରାସ ପାଇଥାଏ। ଦୋଳି ଖେଳିବା ସମୟରେ ଶରୀରର ବିଭିନ୍ନ ଅଙ୍ଗପ୍ରତ୍ୟଙ୍ଗ କାର୍ଯ୍ୟକାରୀ ହୋଇଥାଏ। ଫଳରେ ସମ୍ପୂର୍ଣ୍ଣ ଶରୀରର ବ୍ୟାୟାମ ହୋଇଥାଏ। ଏହାଦ୍ୱାରା ଶରୀରରୁ ଅତ୍ୟଧିକ ଚର୍ବି ହ୍ରାସ ହୁଏ। ଶରୀର ସ୍ଲିମ୍ ହୋଇଯାଏ।

ରକ୍ତସଞ୍ଚାଳନ ବୃଦ୍ଧି କରିଥାଏ। ଦୋଳି ଖେଳିବା ଦ୍ୱାରା ଶରୀରର ବ୍ୟାୟାମ ହୁଏ। ଏହାଦ୍ୱାରା ହୃଦ୍‌ସ୍ପନ୍ଦନ ବୃଦ୍ଧି ପାଏ। ଯାହାକି ରକ୍ତସଞ୍ଚାଳନ ବୃଦ୍ଧିରେ ସହାୟକ ହୁଏ। ରକ୍ତ ସଞ୍ଚାଳନ ବୃଦ୍ଧି ହେବା ଦ୍ୱାରା ଶରୀର ବିଭିନ୍ନ ରୋଗ ଦୂର ହୁଏ ଓ ବ୍ୟକ୍ତି ସୁସ୍ଥ ରହେ।

ମନ ଶାନ୍ତ ରହିଥାଏ। ଦୋଳି ଖେଳିବା ଦ୍ୱାରା ମନୋରଞ୍ଜନ ହୋଇଥାଏ। ଏହା ଶରୀରରେ ଏପରି ଏକ ଶିହରଣ ସୃଷ୍ଟି କରେ, ଯାହା ମନରୁ କ୍ରୋଧ ଦୂର କରି ମନକୁ ଶାନ୍ତ କରେ। ଏହାଦ୍ୱାରା ବ୍ୟକ୍ତି ହାଲ୍‌କା ଅନୁଭବ କରେ। ପିଲା ହୁଅନ୍ତୁ ଅବା ବୟସ୍କ ଏହାଦ୍ୱାରା ବେଶ ଆରାମ ଓ ହାଲ୍‌କା ଅନୁଭବ କରନ୍ତି।

ମସ୍ତିଷ୍କ ତୀକ୍ଷ୍ଣ ହୋଇଥାଏ। ଦୋଳି ଖେଳିବା ଦ୍ୱାରା ବିଭିନ୍ନ ପ୍ରକାର ଦୁଃଶ୍ଚିନ୍ତା ଦୂର ହୋଇଯାଏ। ଏହାଦ୍ୱାରା ମସ୍ତିଷ୍କ ଶାନ୍ତ ହୁଏ। ମସ୍ତିଷ୍କରୁ ଏପରି ଏକ ହର୍ମୋନ ନିର୍ଗତ ହୁଏ ଯାହା ଶରୀର ଓ ମନକୁ ଶାନ୍ତ କରିବାରେ ସହାୟକ ହୋଇଥାଏ। ଏହାଦ୍ୱାରା ମସ୍ତିଷ୍କ ଭାରାକ୍ରାନ୍ତରୁ ବାହାରି ହାଲ୍‌କା ହୁଏ ଓ ଅଧିକ ସକ୍ରିୟ ହୁଏ। ଏହାଦ୍ୱାରା ସ୍ମରଣ ଶକ୍ତି ବୃଦ୍ଧି ପାଏ।

ତେବେ ରଜ ବ୍ୟତୀତ ଅନ୍ୟ ସମୟରେ ମଧ ଦୋଳି ଖେଳ ହୋଇଥାଏ। ଆଜିକାଲି ବିଭିନ୍ନ ଅନୁଷ୍ଠାନ ମାନଙ୍କର ଆୟୋଜିତ କାର୍ଯ୍ୟକ୍ରମରେ ଦୋଳି ଖେଳିବାର ବ୍ୟବସ୍ଥା ମଧ ହେଉଛି। ଏସବୁ ଭିତରେ ଦୋଳି ଖେଳିବା ସମୟରେ ସତର୍କତା ଅବଲମ୍ବନ କରିବା ଅତ୍ୟନ୍ତ ଜରୁରୀ। ଦୋଳିଟି ଠିକ ଭାବେ ପ୍ରସ୍ତୁତ ହୋଇଛି କି ନାହିଁ ଭଲ ଭାବେ ଦେଖନ୍ତୁ। କାରଣ ଅନେକ ସମୟରେ ଅଚାନକ ଦୋଳି ଭାଙ୍ଗିଯିବା ପରି ଅଘଟଣ ଓ ଗୁରୁତର ହେବାର ଘଟଣା ମଧ ଦେଖିବାକୁ ମିଳିଥାଏ। ସେହିପରି ମହିଳାମାନେ ଦୋଳି ଖେଳୁଥିବା ସମୟରେ ନିଜ ପୋଷାକ ପରିପାଟୀକୁ ନେଇ ଟିକିଏ ସତର୍କ ରହିବା ମଧ ଜରୁରୀ। କାରଣ ଶାଢ଼ୀ କିମ୍ବା ସାଲୁଓ୍ୱାର ବେଳେ ବେଳେ ଅସହଜ ବା ଅସୁବିଧାଜନକ ହୋଇଥାଏ। ସେହିପରି ଗଭବତୀ ମହିଳାଙ୍କ ପାଇଁ ଦୋଳି ଖେଳିବା ମନା। ହୃଦରୋଗ, ଶ୍ୱାସରୋଗ, ମୁଣ୍ଡ ବୁଲାଇଦେବା ସମସ୍ୟା ଏପରିକି ଉଚ୍ଚରକ୍ତଚାପ ଥିବା ମହିଳାମାନଙ୍କ ପାଇଁ ଦୋଳି ଖେଳିବା ସମୟରେ ସତର୍କତା ଅତ୍ୟନ୍ତ ବାଞ୍ଛନୀୟ। ଖାଦ୍ୟ ବା କୌଣସି ପାନୀୟ ଅତ୍ୟଧିକ ଗ୍ରହଣ କରିଥିଲେ ତତ୍‌କ୍ଷଣାତ ପରବର୍ତ୍ତୀ ସମୟରେ ଦୋଳି ଖେଳିବାରୁ ନିବୃତ୍ତ ରୁହନ୍ତୁ। ଦୋଳି ଏକ ଚମତ୍କାର ବ୍ୟାୟାମ ତେବେ ଏ ସବୁ ଭିତରେ ଆପଣଙ୍କର ସାମାନ୍ୟତମ ସତର୍କତା ଅବଲମ୍ବନ କଲେ ଏହା ଆପଣଙ୍କ ପାଇଁ ଆନନ୍ଦଦାୟକର ଏକ ଅନୁଭବ ହେବ।

ସ୍ତ୍ରୀ ଓ ପ୍ରସୂତୀ ରୋଗ ବିଶେଷଜ୍ଞ, ଅଧୀକ୍ଷକ, ସହରାଞ୍ଚଳ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ହସ୍ପିଟାଲ, ସିଡିଏ, କଟକ,




# ବିଫଳ ଶାସନ ଓ ଚରମ ଅବ୍ୟବସ୍ଥାର ସରକାର ବିଜେଡି : ଡ. ଏ. ଚେଲ୍ଲାକୁମାର

ଭୁବନେଶ୍ୱର (ପିଏନ)-ଆଜି ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟ ଠାରେ ଓଡିଶାର ନବନିଯୁକ୍ତ କଂଗ୍ରେସ ପ୍ରଭାରୀ ଡ. ଏ. ଚେଲାକୁମାର, ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ନିରଞ୍ଜନ ପଟ୍ଟନାୟକ, ବିଧାୟକ ଦଳ ନେତା ଶ୍ରୀ ନରସିଂହ ମିଶ୍ର, ପିସିସି କାର୍ଯ୍ୟକାରୀ ସଭାପତି ଶ୍ରୀ ପ୍ରଦୀପ ମାଝୀ, ସାଂସଦ ଶ୍ରୀ ସପ୍ତଗିରି ଉଲାକା ଓ ପୂର୍ବତନ ଅର୍ଥମନ୍ତ୍ରୀ ଶ୍ରୀ ପଂଚାନନ କାନୁନ୍‌ଗୋଙ୍କ ଉପସ୍ଥିତିରେ ସାମ୍ବାଦିକ ସମ୍ମିଳନୀକୁ ସମ୍ବୋଧନ କରିଥିଲେ। ସର୍ବପ୍ରଥମେ ଉତ୍କଳମଣି ଗୋପବନ୍ଧୁ ଦାସଙ୍କ ଜୟନ୍ତୀ ଉପଲକ୍ଷେ ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ ପୂର୍ବକ ଉତ୍କଳମଣିଙ୍କ ସ୍ମୃତିଚାରଣ କରି କହିଲେ ଯେ ପଣ୍ଡିତ ଗୋପବନ୍ଧୁ ଦାସ ଓଡିଶା ପ୍ରଦେଶ କଂଗ୍ରେସ କମିଟିର ସଂସ୍ଥାପକ ଅଧ୍ୟକ୍ଷ ଥିଲେ ଓ ତାଙ୍କରି ମାର୍ଗ ସଦା ଅନୁକରଣୀୟ। କଂଗ୍ରେସ ଦଳର ସ୍ୱର୍ଣ୍ଣିମ ଇତିହାସ ଉପରେ ଆଲୋକପାତ କରି କହିଥିଲେ ଯେ ଦେଶର ସ୍ୱାଧିନତା ଆନ୍ଦୋଳନରୁ କଂଗ୍ରେସର ଜନ୍ମ ଏବଂ ଏକ ରାଜନୈତିକ ଦଳ ଭାବରେ କଂଗ୍ରେସ ସର୍ବଦା ବିକାଶ ଉପରେ ଗୁରୁତ୍ୱ ଦେଇ ଆସିଛି। ସାଧାରଣ ଜନତାଙ୍କର ସର୍ବାଙ୍ଗୀନ ଉନ୍ନତି ପାଇଁ ବିଭିନ୍ନ ସାମ୍ବିଧାନିକ ପଦପଦବୀ ଏବଂ ପଂଚାୟତିରାଜ ବ୍ୟବସ୍ଥା ଭଳି ଲୋକାଭିମୁଖୀ ଓ ଜନତାଙ୍କ ନିକଟରେ ଉତରଦାୟୀ ସରକାର ଦେଶକୁ ଦେଇଆସିଛି। କିନ୍ତୁ ଆଜିର ଦିନରେ ଓଡିଶା ଭଳି ପ୍ରାକୃତିକ ସଂପଦରେ ଭରପୁର ପ୍ରଦେଶର ଜନତା




କର୍ମନିଯୁକ୍ତି ନ ପାଇ ବାହାର ରାଜ୍ୟକୁ ଦାଦନ ଖଟିବାକୁ ଯିବା ଅତ୍ୟନ୍ତ ଦୁର୍ଭାଗ୍ୟଜନକ। ଦୀର୍ଘ ୨୧ ବର୍ଷ ଧରି ଶାସନ କ୍ଷମତାରେ ଥିବା ଦଳ ରାଜ୍ୟରେ ନିଯୁକ୍ତିର ସୁଯୋଗ ସୃଷ୍ଟି କରିନପାରିବା ଚରମ ଅପାରଗତାକୁ ପଦାରେ ପକାଉଛି। ରାଜ୍ୟର ଆର୍ଥିକ ସ୍ଥିତି ଅତ୍ୟନ୍ତ ଚିନ୍ତାଜନକ ସ୍ଥିତିରେ ଅଛି। ୨୦୦୦ ମସିହାରେ ରାଜ୍ୟର ଋଣ ପରିମାଣ ୧୮,୧୦୦ କୋଟି ଥିବା ବେଳେ ୨୦୨୦ ମସିହାରେ ଏହା ବୃଦ୍ଧି ପାଇ ୧,୩୦,୦୦୦ କୋଟିରେ ପହଂଚିଛି। ରାଜ୍ୟର ୩୫ଟି ବୃହତ୍ ଶିଳ୍ପ ଯଥା ରାଉରକେଲା ଷ୍ଟିଲ ପ୍ଲାଂଟ, ପାରାଦ୍ୱୀପ ପୋର୍ଟ, ନାଲ୍‌କୋ ଓ ହାଲ୍ ଆଦି କଂଗ୍ରେସ ଶାସନ ସମୟରେ ପ୍ରତିଷ୍ଠା ହୋଇଥିଲା। ପୂର୍ବତନ ମୁଖ୍ୟମନ୍ତ୍ରୀ ସ୍ୱର୍ଗତ ଜାନକୀ ବଲ୍ଲଭ ପଟ୍ଟନାୟକଙ୍କ ସମୟରେ 'ହଜାର ଦିନରେ ହଜାର ଶିଳ୍ପ' ଓଡିଶାର ଶିଳ୍ପାୟନ କ୍ଷେତ୍ରରେ ଏକ ଯୁଗାନ୍ତକାରୀ ପଦକ୍ଷେପ ଥିଲା ଏବଂ ତା ସହିତ ୨.୫ ଲକ୍ଷ ମଧ୍ୟମ ଓ କ୍ଷୁଦ୍ର ଶିଳ୍ପ ପ୍ରତିଷ୍ଠା କରାଯାଇଥିଲା। କଂଗ୍ରେସ ସରକାର ସମୟରେ ଓଡିଶାରେ ୯ଟି ସୂତାକଳ ପ୍ରତିଷ୍ଠା ହୋଇଥିଲା। କିନ୍ତୁ ବର୍ତ୍ତମାନ ସମସ୍ତ ଶିଳ୍ପ ପ୍ରତିଷ୍ଠାନ ବିଜେଡି ସରକାର ସମୟରେ ବନ୍ଦ ହୋଇଯାଇଛି। ଓଡିଶା ଏକ କୃଷି ପ୍ରଧାନ ରାଜ୍ୟ ହୋଇଥିଲେ ମଧ କଂଗ୍ରେସ ସରକାର ସମୟରେ ପ୍ରତିଷ୍ଠା ହୋଇଥିବା ବୃହତ୍ ଜଳସେଚନ ପ୍ରକଳ୍ପ ଯଥା ହୀରାକୁଦ ଡ୍ୟାମ, ରେଙ୍ଗାଲି ପ୍ରୋଜେକ୍ଟ, ସୁବର୍ଣ୍ଣରେଖା ପ୍ରୋଜେକ୍ଟ, ଅପର ଇନ୍ଦ୍ରାବତୀ, ଲୋୟର ଇନ୍ଦ୍ରାବତୀ ଓ କୋଲାବ ତଥା ୧୨ଟି ମଧ୍ୟମ ଜଳସେଚନ ପ୍ରକଳ୍ପକୁ ବାଦ୍ ଦେଇ ଗୋଟିଏ ବି ଜଳସେଚନ ପ୍ରକଳ୍ପ ବିଗତ ୨୧ ବର୍ଷ ଭିତରେ କରାଯାଇନାହିଁ। ଏହାବାଦ୍ ସମଗ୍ର ରାଜ୍ୟର ଚାଷ ଜମିର ମାତ୍ର ୩୫ ପ୍ରତିଶତ ଜମି ମଧ ଜଳସେଚିତ ହୋଇପାରୁନାହିଁ। ଏହା ବିଜେଡି ସରକାରଙ୍କ ପ୍ରଶାସନିକ ବିଫଳତାର ନଗ୍ନ ଉଦାହରଣ। ଓଡିଶାରେ ବେକାରୀ ସମସ୍ୟା ଅନ୍ୟ ରାଜ୍ୟ ତୁଳନାରେ ଅତି ଉତ୍କଟ ଏବଂ ଏହା ୨୪ ପ୍ରତିଶତ। ଯାହାକି ଜାତୀୟ ହାରଠାରୁ ଯଥେଷ୍ଟ ଅଧିକ। କୋଭିଡ୍ ସମୟରେ ରାଜ୍ୟକୁ ଫେରିଥିବା ୧୫ ଲକ୍ଷ ପ୍ରବାସୀ ଶ୍ରମିକ ରୋଜଗାର ନପାଇ ପୁନର୍ବାର କର୍ମସଂସ୍ଥାନ ଆଶାରେ ବାହାର ରାଜ୍ୟକୁ ଯିବା ଆରମ୍ଭ କଲେଣି। ଓଡିଶା ସରକାରଙ୍କର ସ୍କିଲ୍ ମ୍ୟାପିଂ କାର୍ଯ୍ୟ କେବଳ ଘୋଷଣାରେ ସୀମିତ ରହିଗଲା। ଶିକ୍ଷା କ୍ଷେତ୍ରରେ ବିଗତ ୨୧ ବର୍ଷ ଭିତରେ ଓଡିଶା ଅତ୍ୟନ୍ତ ଦୟନୀୟ ସ୍ଥିତିରେ ପହଂଚିଛି। ପାଖାପାଖି ୨୦ ହଜାର ସ୍କୁଲ ବନ୍ଦ ହେବାକୁ ବସିଛି ଏବଂ ପ୍ରାଥମିକ ସ୍ତରରେ ଅଧାରୁ ପାଠ ଛାଡୁଥିବା ପିଲାଙ୍କ ସଂଖ୍ୟା ଓଡିଶାରେ ସର୍ବାଧିକ।

ନିକଟରେ ଓଡିଶା ବିଶ୍ୱ ବିଦ୍ୟାଳୟ ସଂଶୋଧନ ଆଇନ୍ ଭଳି ଏକ କଳା ଆଇନ୍ କରାଯାଇ ବିଶ୍ୱ ବିଦ୍ୟାଳୟରେ ସରକାରୀ ହସ୍ତକ୍ଷେପ ପାଇଁ ରାସ୍ତା ପରିଷ୍କାର କରାଯାଇଛି। ଏହା ଓଡିଶା ଶିକ୍ଷା ବ୍ୟବସ୍ଥା ପ୍ରତି ଚରମ ଉପହାସ। ଓଡିଶାର ସ୍ୱାସ୍ଥ୍ୟ ସେବା ଅତ୍ୟନ୍ତ ବିପର୍ଯ୍ୟସ୍ତ। ଶିଶୁ ମୃତ୍ୟୁରେ ଓଡିଶା ସମଗ୍ର ଦେଶରେ ୩ ନମ୍ବର ସ୍ଥାନରେ ଥିବା ବେଳେ ୫ ବର୍ଷରୁ କମ୍ ଶିଶୁଙ୍କ ମୃତ୍ୟୁରେ ସମଗ୍ର ଦେଶରେ ୨ୟ ସ୍ଥାନ ଅଧିକାର କରିଛି। ରାଜ୍ୟରେ ୬୫ ପ୍ରତିଶତଶିଶୁ ଅପପୃଷ୍ଟିର ଶିକାର ହେଉଥିବା ବେଳେ ୪୮ ପ୍ରତିଶତ ମହିଳା ଅପପୃଷ୍ଟିର କବଳରେ କବଳିତ। ରାଜ୍ୟରେ ଆଇନ୍‌ର ଶାସନ ନାହିଁ କହିଲେ ଚଳେ। ଗଣତନ୍ତ୍ରରେ ନିର୍ବାଚିତ ପ୍ରତିନିଧିଙ୍କ ଦ୍ୱାରା ଶାସନ ବ୍ୟବସ୍ଥା ଚାଲିବା ପରିବର୍ତେ କିଛି ମୁଷ୍ଟିମେୟ ପ୍ରଶାସନିକ ଅଧିକାରୀଙ୍କ ଦ୍ୱାରା ଶାସନ ବ୍ୟବସ୍ଥାକୁ ନିୟନ୍ତ୍ରଣ କରାଯାଉଛି। ରାଜ୍ୟରେ ପଂଚାୟତିରାଜ ବ୍ୟବସ୍ଥା ସଂପୂର୍ଣ୍ଣ ଫେଲ୍ ମାରିଛି ଏବଂ ବିଧାୟକ ତଥା ମନ୍ତ୍ରୀମାନଙ୍କର ପ୍ରଶାସନିକ କାର୍ଯ୍ୟରେ କୌଣସି ଭୂମିକା ରହୁନାହିଁ। କରୋନା ବିପତି ସମୟରେ ମାସ୍କ, ଭେଂଟିଲେଟର ତଥା ବିଭିନ୍ନ ଚିକିତ୍ସା ଉପକରଣ କିଣିବାରେ ରାଜ୍ୟ ସରକାରଙ୍କ କୋଟି କୋଟି ଟଙ୍କାର ଦୁର୍ନୀତି ଏ ସରକାରର ସମ୍ବେଦନହୀନତାକୁ ପଦାରେ ପକାଇ ଦେଇଛି। ପ୍ରଭୁ ଜଗନ୍ନାଥ ଏଭଳି ସମ୍ବେଦନହୀନ ସରକାରକୁ କଦାପି କ୍ଷମା କରିବେ ନାହିଁ।

# ଆଦାନୀ ଫାଉଣ୍ଡେସନ ପକ୍ଷରୁ ଶିକ୍ଷା ନିମନ୍ତେ ସହାୟତା ରାଶି ପ୍ରଦାନ

ଧାମରା, (ପିଏନ): ଆଦାନୀ ଧାମରା ପୋର୍ଟର ସିଏସ୍‌ଆର ୱିଙ୍ଗ୍ ଆଦାନୀ ଫାଉଣ୍ଡେସନ୍ ପକ୍ଷରୁ ଜାଗୁଳା ଗ୍ରାମପ ।ୟତ ଅନ୍ତର୍ଗତ ଜୟଦୁର୍ଗାପାଟଣା ଗ୍ରାମର ସ୍ୱର୍ଗତ ଶ୍ରଦ୍ଧାଞ୍ଜଳି ଗିରିଙ୍କ ଦୁଇ କନ୍ୟାଙ୍କୁ ଶିକ୍ଷା ନିମନ୍ତେ ସହାୟତା ରାଶିପ୍ରଦାନ କରାଯାଇଛି। ଏହି ସହାୟତାକୁ ସ୍ୱୀକାର କରି ସ୍ୱର୍ଗତ ଶ୍ରଦ୍ଧାଞ୍ଜଳି ଗିରିଙ୍କ ସ୍ୱାମୀ ମାନସ କୁମାର ଗିରି କହିଛନ୍ତି କି ଆଦାନୀ ଧାମରା ପୋର୍ଟ
କଠିନ ସମୟରେ ସବୁବେଳେ ଲୋକଙ୍କ ସହ ଛିଡା ହୋଇଛି । ଏହି ସହାୟତା ମୋ ପିଲାଙ୍କୁ ନିରବଚ୍ଛିନ ଶିକ୍ଷା ଦେବାରେ ସାହାଯ୍ୟ କରିବ। ଅଭିଲିପ୍ସା ବ ର୍ତମାନ କୋଇଥଖୋଲା ସରସ୍ୱତୀ ଶିଶୁ ମନ୍ଦିରରେ ପାଠ ପଢୁଛନ୍ତି । ଶ୍ରୀମତୀ ଗିରି ଆଦାନୀ ଫାଉଣ୍ଡେସନର ଫର୍ଚ୍ୟୁନ ସୁପୋଷଣ ପ୍ରକଳ୍ପରେ ସଙ୍ଗିନୀ ଭାବେ କାର୍ଯ୍ୟରତ ଥିଲେ। ଫର୍ଚ୍ୟୁନ ସୁପୋଷଣ ପ୍ରକଳ୍ପରେ ତାଙ୍କର ଉତ୍ସର୍ଗୀକୃତ ଅବଦାନର ସ୍ୱୀକୃତି ଭାବେ ଫାଉଣ୍ଡେସନ୍ ପକ୍ଷରୁ ତାଙ୍କର ଦୁଇ କନ୍ୟା ଅଭିଲିପ୍ସା ପ୍ରିୟଦର୍ଶିନୀ (୫ବର୍ଷ)



ଓ ସୋନାକ୍ଷୀ (ଦେଢ ବର୍ଷ)ଙ୍କୁ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ଶିକ୍ଷା ଗ୍ରହଣ ନିମନ୍ତେ ଏହି ରାଶି ପ୍ରଦାନ କରାଯାଇଛି । ସୂଚନାଯୋଗ୍ୟ ଯେ, ଆଦାନୀ ଧାମରା ପୋର୍ଟ ଏହାର ସିଏସ୍‌ଆର ୱିଙ୍ଗ୍ ଆଦାନୀ ଫାଉଣ୍ଡେସନ୍ ମାଧ୍ୟମରେ ଏହାର ପାରିପାର୍ଶ୍ୱିକ ତଥା ରେଳ କରିଡରରେ ଲୋକଙ୍କ କଲ୍ୟାଣ ପାଇଁ ବିଭିନ୍ନ ସିଏସ୍‌ଆର୍ ପଦକ୍ଷେପ ଗ୍ରହଣ କରୁଛି। ଶିକ୍ଷା, ସ୍ୱାସ୍ଥ୍ୟ, ସ୍ଥାୟୀ ଜୀବିକା ଏବଂ ସମ୍ପ୍ରଦାୟର ଭି ିଭୂମି ବିକାଶ ହେଉଛି ମୁଖ୍ୟ କ୍ଷେତ୍ର।

# ମହିଳାଙ୍କ ଘରେ ପଶି ଅସଦାଚାରଣ ଅଭିଯୋଗ

ମାଲକାନଗିରି,(ପିଏନ)--ପଡିଆ ବ୍ଲକ ଶିମିଳିବାଞ୍ଚା ପଂଚାୟତ ଅନ୍ତର୍ଗତ ଏମଭି୬୧ ଗ୍ରାମରେ ଜଣେ ମହିଳାଙ୍କ ଘରେ ସେହି ଗ୍ରାମର ଜଣେ ଲୋକ ରାତି ଅଧରେ ଅଚାନକ ପ୍ରବେଶ କରିତାଙ୍କୁ ଅସଦାଚାରଣ କରିଥିବା ମହିଳା ଜଣଙ୍କ ଥାନାରେ ଅଭିଯୋଗ କରିଛନ୍ତି। ସୂଚନା ମୁତାବକ ଏମ୍ ଭି ୬୧ ଗ୍ରାମର ରୀନା (ଛଦ୍ମ ନାମ) ନିଜ ଘରେ ଶୋଇଥିବା ବେଳେ ତାଙ୍କ ପଡୋଶୀ ମଦନ ବୈରାଗୀ ଅଧରାତିରେ ରେ ଘରକୁ ପ୍ରବେଶ କରିଥିଲେ। ଏତିକିବେଳେ ନୀଳିମା ଙ୍କ ନିଦ ଭାଙ୍ଗିଯିବାରୁ ସେ ଉଠିପଡି ମଦନ କୁ ପ୍ରତିରୋଧ କଲେ। ଗତକାଲି ଏ ନେଇ ଗ୍ରାମରେ ବୈଠକ ଅନୁଷ୍ଠିତ ହେବାକୁ ଥିବାବେଳେ ମଦନ ର ଏଭଳି କାଣ୍ଡ ଯୋଗୁଁ ଗ୍ରାମବାସୀ ବୈଠକକୁ ବାତିଲ କରିଥିଲେ। ଏହାପରେ ଆଜି ପୀଡିତା ନ୍ୟାୟ ପାଇଁ ଏମଭି ୭୯ ଥାନାର ଦ୍ୱାରସ୍ଥ ହୋଇ ଲିଖିତ ଅଭିଯୋଗ କରିଛନ୍ତି। ଏ ନେଇ ଏମଭି୭୯ ଥାନାରେ କେସ୍ ନଂ ୫୭/୨୦ ରେ ଏକ ମାମଲା ରୁଜୁ କରାଯାଇ ଘଟଣାର ତଦନ୍ତ କରାଯାଉଥିବା ଏମଭି ୭୯ ଥାନା ଅଧିକାରୀ ଜୋହନ ଖୁଜୁର କହିଛନ୍ତି। ଅନ୍ୟପଟେ ମଦନ ମନ୍ଦ ଉଦ୍ଦେଶ୍ୟ ରଖି ପୀଡିତାଙ୍କ ଘରକୁ ଯାଇଥିବାରୁ ପରିବାର ଲୋକ ଏହାର ନିରପେକ୍ଷ ତଦନ୍ତ କରି ଦୋଷୀ ଙ୍କ ବିରୋଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବୀ କରିଛନ୍ତି।

# ଏଓବିଏସଓ ଛାତ୍ର ସଂଘ ତରଫରୁ ମାସ୍କ ବଂଟନ ସହ ଜନ ସଚେତନତା କାର୍ଯ୍ୟକ୍ରମ



ଭୁବନେଶ୍ୱର,(ପିନେ) : କୋଭିଡ଼ ମହାମାରୀ ନେଇ ତୃଣମୂଳସ୍ତରରେ ସଚେତନତାକୁ ବ୍ୟାପକ କରିବା ପାଇଁ ଅକ୍ଟୋବର ୨ ରୁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଆହ୍ୱାନ କ୍ରମେ "ଜନ ସଚେତନତା ଅଭିଯାନ" ଆରମ୍ଭ ହୋଇଛି । ଆଜି ଭୁବନେଶ୍ୱର ସ୍ଥିତ ରାଜମହଲ ଛକଠାରେ ଅଲ୍ ଓଡ଼ିଶା ବିପିୟୁଟି ଷ୍ଟୁଡେଂଟ୍ସ ଅର୍ଗାନାଇଜେସନ (ଏଓବିଏସଓ) ତରଫରୁ ମାସ୍କ ବଂଟନ ସହ ଜନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଅଛି । ଏହି କାର୍ଯ୍ୟକ୍ରମକୁ ସଂଘର ଉପ-ପ୍ରତିଷ୍ଠାତା ତଥା ଯୁବ ବିଜେଡ଼ି ରାଜ୍ୟ ସାଧାରଣ ସଂପାଦକ ତାରିଣୀ ପ୍ରସାଦ ନାୟକଙ୍କ ନେତୃତ୍ୱରେ ଉପଦେଷ୍ଟା ତଥା ଯୁବ ବିଜେଡ଼ି ବରିଷ୍ଠ ଉପ-ସଭାପତି ଧୃତି ମାର୍ଥା, ସଂଘର ଉପ-ପ୍ରତିଷ୍ଠାତା ବାସୁଦେବ ସା, ଯୁବ ବିଜେଡ଼ି ସାରାଧଣ ସମ୍ପାଦକ ଅବିନାଶ ପ୍ରଧାନ, କାର୍ଯ୍ୟକାରୀ ସଦସ୍ୟ ପ୍ରସନ୍ନ ପାଣି, ଯୁବ ବିଜେଡ଼ି ଯୁଗ୍ମ ସମ୍ପାଦକ ପୁର୍ଣ୍ଣେନ୍ଦୁ ପୂଜାପଣ୍ଡା, ଯୁବ ବିଜେଡ଼ି ସମ୍ପାଦକ ସୋନାଲି ପ୍ରିୟଦର୍ଶିନୀ, ଦିପ୍ତିମୟୀ ପତି, ଛାତ୍ର ବିଜେଡ଼ି ରାଜ୍ୟ ସାରାଧଣ ସମ୍ପାଦକ ସଂକେତ ରାୟ, ପିଙ୍କି, ମହିମା, କିଶୋର ବେହେରା, ଡିପ୍ଲୋମା ମୁଖ୍ୟ ସଂଗଠକ ତଥା ଛାତ୍ର ବିଜେଡ଼ି ସମ୍ପାଦକ ଅନନ୍ତ ନାରାୟଣ ଜେନା, ବିପିୟୁଟି ମୁଖ୍ୟ ସଂଗଠକ ତଥା ଛାତ୍ର ବିଜେଡ଼ି ଯୁଗ୍ମ ସମ୍ପାଦକ ପବନ ସ୍ୱାଇଁ, ଶ୍ରୀତମ ପଟ୍ଟନାୟକ, ଆଚାର୍ଯ୍ୟ ରକି ପ୍ରିୟଦର୍ଶନ, ରାକେଶ ପାତ୍ର, ଅଂକେଶ, ସ୍ମୃତିରାଜ ମହାନ୍ତି, ତନବୀର ଖାନ୍, ଡିପ୍ଲୋମା ସଭାପତି ବିକାଶ ପଣ୍ଡା, ଶୁଭମ ସ୍ୱାଇଁ, ଓମ୍ ପ୍ରସାଦ ବେହେରା, ଆଶିଷ ଦାସ, ନୀତିଶ, ଆଶୁତୋଷ, ଅରବିନ୍ଦ୍, ସନ୍ଦୀପ, ସ୍ୱାଗତ ମହାପାତ୍ର ଆଦି ଉପସ୍ଥିତ ଥିଲେ।

# ଅଘୋଷିତ ବିଦ୍ୟୁତ କାଟ ଓ ବିଲ୍ ଛାଡ଼ ଲାଗି କାର୍ଯ୍ୟାଳୟ ଘେରିଲେ

କୋରେଇ, (ପିଏନ)– ଯାଜପୁର ରୋଡ଼ ସବଡ଼ିଭିଜନ ଅଧିନସ୍ଥ ପାଣିକୋଇଲି ବିଦ୍ୟୁତ ସେକ୍ସନର ଦାୟିତ୍ୱହୀନତା ଓ କରୋନା ସହିତ ବନ୍ୟାରେ କ୍ଷତିଗ୍ରସ୍ତ ହୋଇଥିବା ବଡ଼ବିରୁହାଁ ପଂଚାୟତ ଅଧିନସ୍ଥ ସୋଲପଟା ଗ୍ରାମର ଉପଭୋକ୍ତା ଗୁରୁବାର ଦିନ ପାଣିକୋଇଲି ବିଦ୍ୟୁତ ସେକ୍ସନକୁ ଘେରାଉ କରିଥିଲେ। ସେମାନଙ୍କର ଦାବି ମୁତାବକ କରୋନା ମହାମାରୀ ଯୋଗୁ ଜୀବିକା ହରାଇଥିବା ସହିତ ଚଳିତ ଖରସ୍ରୋତା ବନ୍ୟାରେ ତାଙ୍କର ଫସଲ ସମ୍ପୂର୍ଣ୍ଣ କ୍ଷତିଗ୍ରସ୍ତ ହୋଇଅଛି। ତା ଛଡ଼ା ବିଦ୍ୟୁତ କାର୍ଯ୍ୟାଳୟ ପକ୍ଷରୁ ପ୍ରତିମାସରେ ତାଙ୍କୁ ବିଲ ଦିଆଯାଉନାହିଁ କିମ୍ବା ବିଦ୍ୟୁତ ବିଲ ଆଦାୟ କରିବା ଲାଗି କୌଣସି କର୍ମଚାରୀ ଉକ୍ତ ଗ୍ରାମକୁ ଯାଉନାହାନ୍ତି । ଫଳରେ ଗ୍ରାମବାସୀଙ୍କ ଉପରେ ବିଦ୍ୟୁତ ବିଲ ବାକି ରହିଛି। ଏହା ଉପରେ ବିଭାଗ ତରଫରୁ କୌଣସି ପୂର୍ବ ସୂଚନା ପ୍ରଦାନ କରାନଯାଇ କିମ୍ବା କୌଣସି ଅଧିକାରୀ ତାଙ୍କର ସମସ୍ୟା ଉପରେ ଦୃଷ୍ଟି ନିକ୍ଷେପ ନକରି ତରବରିଆ ଭାବେ ସମ୍ପୁର୍ଣ ଗ୍ରାମକୁ ବିଦ୍ୟୁତ ସଂଯୋଗ ବିଚ୍ଛିନ୍ନ କରିଥିଲେ। ଉପଭୋକ୍ତା ମାନେ ଚାଷ ଲାଗି ପୁନର୍ବାର ଅଂଟା ଭିଡୁଥିବା ବେଳେ ବିଦ୍ୟୁତ ସଂଯୋଗ ବିଚ୍ଛିନ୍ନ ଯୋଗୁଁ ବୋରିଂ ଗୁଡ଼ିକ ବନ୍ଦ ହୋଇଯାଇଥିଲା। ଏହା ସହିତ ପିଲାମାନଙ୍କ ପାଠପଢା ଓ ଗ୍ରାମରେ କରୋନା ପିଡ଼ିତ ହୋମ କ୍ୱାରେଟାଂଇନରେ ରହୁଥିବା ବ୍ୟକ୍ତି ମାନେ ବିଦ୍ୟୁତ କାଟ ଯୋଗୁଁ ନାନା ଅସୁବିଧାର ସମ୍ମୁଖିନ ହୋଇଥିଲା। ଏ ଦିଗରେ ସେମାନେ ବିଭାଗର ଅଧିକାରୀ ଓ ଅଂଚଳର ଲାଇନମ୍ୟାନଙ୍କୁ ବାରମ୍ବାର ଫୋନ କଲେ ମଧ୍ୟ ସେମାନଙ୍କ ଠାରୁ କୌଣସି ଉତର ନମିଳିବାରୁ ସେମାନେ ଉତକ୍ଷିପ୍ତ ହୋଇ କାର୍ଯ୍ୟାଳୟ ଘେରାଉ କରିଥିଲେ। ଏହା ବ୍ୟତୀତ ବିଦ୍ୟୁତ ବିଭାଗ ତରଫରୁ ଲାଇନମ୍ୟାନଙ୍କ ସମେତ ବିଲ ଆଦାୟ ଓ ମିଟର ଲଗାଇବା ଲାଗି ଯାଉଥିବା ବ୍ୟକ୍ତି ମାନେ ତାଙ୍କୁ ଉତ୍କୋଚ ମାଗୁଥିବାର ଅଭିଯୋଗ ହୋଇଥିଲା। ଏ ଦିଗରେ ବିଭାଗ ତରଫରୁ ଉତ୍କୋଚ ମାଗିବା ନେଇ କୌଣସି ସ୍ପଷ୍ଟିକରଣ ଦିଆଯାଇନଥିବା ବେଳେ ସେମାନଙ୍କର ୭/୮ ମାସର ବିଦ୍ୟୁତ ବିଲ ବାକିଥିବା ଯୋଗୁଁ ଉପରିସ୍ଥ ଅଧିକାରୀଙ୍କ ନିର୍ଦ୍ଦେଶ ମୁତାବକ ବିଦ୍ୟୁତ ସଂଯୋଗ ବିଚ୍ଛିନ୍ନ କରାଯାଇଛି ବୋଲି ପାଲଟା ଅଭିଯୋଗ କରିଥିଲେ। ସେମାନେ ବିଦ୍ୟୁତ କାର୍ଯ୍ୟାଳୟ ଘେରାଉ କରିଥିଲେ ମଧ୍ୟ ବିଭାଗର କୌଣସି ଅଧିକାରୀ ସେମାନଙ୍କର ସମସ୍ୟା ସମାଧାନ କରିବା ଲାଗି ପହଂଚି ନଥିଲେ। ତେବେ କରୋନା ମହାମାରୀ ଯୋଗୁଁ ଦୀର୍ଘ ଛଅ ମାସ ହେଲା ରୋଜଗାର ହରାଇ ଘରେ ବସିରହିଥିବା ବେଳେ ବନ୍ୟା ସେମାନଙ୍କର ମେରୁଦଣ୍ଡକୁ ଦୋହଲାଇ ଦେଇଛି। ଏପରି ପରିସ୍ଥିତିରେ ବିଦ୍ୟୁତ ବିଭାଗ ପରିସ୍ଥିତିର ସାମନା କରିବା ଲାଗି ଉପଭୋକ୍ତାଙ୍କୁ ସହଯୋଗ କରିବା ପରିବର୍ତେ ସେମାନଙ୍କ ଉପରେ ଜୁଲମ କରିବା ବିଭାଗର ହିଟଲରୀ ଶାସନର ପରିଚୟ ଦେଉଛି।

# ଘୁଉଦୟଗିରି ଥାନା ପୋଲିସ ଜବତ କଲା ୫୦ କିଗ୍ରା ଗଞ୍ଜେଇ ଜଣେ ଗିରଫ

କନ୍ଧମାଳ,(ପିଏନ)- ଜିଲ୍ଲାରେ ବହୁମାତ୍ରରେ ଚୋରା ଗଞ୍ଜେଇ ଚାଲାଣ ହେବା ସହିତ ଦେଶୀ ମଦର କାରବାର ମଧ୍ୟ ବଢିବାରେ ଲାଗିଛି । ଏହାକୁ ଦୃଢ ଭାବରେ ରୋକିବାପାଇଁ କନ୍ଧମାଳ ଏସପି ଭିତିନ୍ ଅଗ୍ରୱାଲ ଜିଲ୍ଲାର ସମସ୍ତ ଥାନାକୁ ନିର୍ଦ୍ଦେଶ ଦେଇଛନ୍ତି । ଏହାର ପରିଣାମ ସ୍ୱାରୁପ ଆଜି କନ୍ଧମାଳ ଜିଲ୍ଲା ଘୁ.ଉଦୟଗିରି ଥାନା ପୋଲିସ ଏକ ହୋଣ୍ଡା ସିଟି କାର ଭିତରୁ ୫୦ କିଗ୍ରା ଗଞ୍ଜେଇ ଜବତ କରିବାସହିତ ଜଣେ ଚାଲାଣକାରୀକୁ ଗିରଫ କରିଛି ପୋଲିସ । ଏହି ଗଞ୍ଜେଇ ଚାଲାଣ ହେଉଥିବା ଖବର ପାଇବାପରେ ପୋଲିସ ଚଢାଉ କରି ଏହି ଗଞ୍ଜେଇ ଜବତ କରିଛି । ଏହି ସଂକ୍ରାନ୍ତରେ ପୋଲିସ ଏକ ମାମଲା ୭୧/୨୦୨୦ ରୁଜୁ କରି ଜଣେ ଅଭିଯୁକ୍ତ ଫିରିଙ୍ଗିଆ ଅଂଚଳର ନାରାୟଣ ରଣାକୁ ଗିରଫ କରି କୋର୍ଟ ଚାଲାଣ କରିଥିବା ନେଇ କନ୍ଧମାଳ ଆରକ୍ଷୀ ଅଧିକ୍ଷକ ଭିତିନ୍ ଅଗ୍ରୱାଲ ଟ୍ୱିଟ୍ ଜରିଆରେ ସୁଚନା ଦେଇଛନ୍ତି । ତେବେ ଗିରଫ ଅଭିଯୁକ୍ତ ଜଣକର ନାମ ଏବଂ ଠିକଣା ଜଣାପଡିନାହିଁ । ସେହିପରି ଘୁ.ଉଦୟଗିରି ଥାନା ଅଂଚଳରେ ଆଉ ଏକ ଘଟଣାରେ ଦେଶୀ ମଦ ପୋଚ ନଷ୍ଟ କରିବା ସହିତ ଦଶୀ ବିଦେଶୀ ମଦ ଜବତ କରି ଜଣ ଜଣେ ଅଭିଯୁକ୍ତକୁ ଗିରଫ କରିଛି ପୋଲିସ । ସୁଚନା ଅନୁସାରେ ଆଜି ପୋଲିସ ଘୁ.ଉଦୟଗିରି ଥାନା ଅଂଚଳରେ ଲୋକଙ୍କ ଦ୍ୱାରା ପ୍ରସ୍ତୁତ କରାଯାଉଥିବା ଦେଶୀ ମଦ ଭାଟିକୁ ଭାଙ୍ଗିବା ସହିତ ସେଠାରେ ୨୫୦ ଲିଟର ଦେଶୀ ମଦ ଜବତ କରିବା ସହିତ ସେଠାରେ ମଦ ପ୍ରସ୍ତୁତ ପାଇଁ ରହିଥିବା ୨୦୦ ଲିଟର ପୋଚ ମଧ୍ୟ ନଷ୍ଟ କରିଛି ପୋଲିସ । ଏହି ସଂକ୍ରାନ୍ତରେ ଏକ ମାମଲା ୭୦/୨୦୨୦ ରୁଜୁ କରିବା ସହିତ ସେହି ଅଂଚଳର ପଂଚୁ ସାହୁ ନାମକ ଜଣକୁ ଗିରଫ କରି ତାକୁ କୋର୍ଟ ଚାଲାଣ କରିଥିବା ନେଇ କନ୍ଧମାଳ ଆରକ୍ଷୀ ଅଧିକ୍ଷକ ସୁଚନା ଦେଇଛନ୍ତି ।

# ନିର୍ବାଚନରେ ନିୟୋଜିତ ହେବାକୁ ଥିବା ପୋଲିଂ କର୍ମଚାରୀଙ୍କ ତାଲିମ ନିମନ୍ତେ ପ୍ରସ୍ତୁତି

ବାଲେଶ୍ୱର-(ପିଏନ)-ବାଲେଶ୍ୱର ସଦର ବିଧାନସଭା ନିର୍ବାଚନମଣ୍ଡଳୀରେ ହେବାକୁ ଥିବା ଉପ-ନିର୍ବାଚନ ନିମନ୍ତେ ଗତ କାଲି (ଅକ୍ଟୋବର ୯ ତାରିଖ) ବିଜ୍ଞପ୍ତି ପ୍ରକାଶ ପାଇବା ସହ ନାମାଙ୍କନ ଦାଖଲ ପ୍ରକ୍ରିୟା ଆରମ୍ଭ ହୋଇଛି । ଆସନ୍ତା ଅକ୍ଟୋବର ୧୬ ତାରିଖ ପର୍ଯ୍ୟନ୍ତ ନାମାଙ୍କନ ପତ୍ର ଦାଖଲ ପାଇଁ ସମୟସୀମା ଧାର୍ଯ୍ୟ କରାଯାଇ ଥିବା ବେଳେ ପୂର୍ବାହ୍ନ ୧୧ଘଟିକାରୁ ଅପରାହ୍ନ ୩ଘଟିକା ମଧ୍ୟରେ ନାମାଙ୍କନ ପତ୍ର ଦାଖଲ କରାଯାଇପାରିବ । ପ୍ରଥମ ଦିନରେ କୌଣସି ପ୍ରାର୍ଥୀ ନାମାଙ୍କନ ପତ୍ର ଦାଖଲ କରି ନ ଥିବା ସୂଚନା ମିଳିଛି । ଇତି ମଧ୍ୟରେ ଉପନିର୍ବାଚନ ଲାଗି ଜିଲ୍ଲା ପ୍ରଶାସନ ପକ୍ଷରୁ ଅନ୍ୟାନ୍ୟ ପ୍ରସ୍ତୁତି ଜାରି ରହିଛି । ଗତ କାଲି ନିର୍ବାଚନରେ ନିୟୋଜିତ ହେବାକୁ ଥିବା ପୋଲିଂ କର୍ମଚାରୀମାନଙ୍କ ଚୟନ କାର୍ଯ୍ୟ ସମାପନ ହୋଇଛି । ରେଣ୍ଡୋମାଇଜେସନ ପଦ୍ଧତିରେ ବିଭିନ୍ନ ବୁଥ୍ ପାଇଁ ୧୫୦ ପ୍ରତିଶତ ହିସାବରେ ପୋଲିଂ କର୍ମଚାରୀମାନଙ୍କୁ ରାଜନୈତିକ ଦଳର ପ୍ରତିନିଧିମାନଙ୍କ ଉପସ୍ଥିତିରେ ବଛାଯାଇଛି । ସେମାନଙ୍କୁ ତାଲିମ ପାଇଁ ନିଯୁକ୍ତି ପତ୍ର ଦିଆଯାଇଛି । ପୋଲିଂ କର୍ମଚାରୀଙ୍କ ତାଲିମ ପ୍ରଥମ ପର୍ଯ୍ୟାୟରେ ଅକ୍ଟୋବର ୧୩ ଓ ୧୪ ତାରିଖରେ ଅନୁଷ୍ଠିତ ହେବାକୁ ଥିବା ବେଳେ ଦ୍ୱିତୀୟ ପର୍ଯ୍ୟାୟରେ ଏହା ଅକ୍ଟୋବର ୧୯ ଓ ୨୦ ତାରିଖରେ ଅନୁଷ୍ଠିତ ହେବ । ସ୍ଥାନୀୟ ଜିଲ୍ଲା ସ୍କୁଲର ୧୬ଟି କକ୍ଷରେ ଏହି ତାଲିମ୍ କାର୍ଯ୍ୟ ଅନୁଷ୍ଠିତ ହେବ । କୋଭିଡ ନିୟମର ଅନୁପାଳନ ପୂର୍ବକ ସମସ୍ତଙ୍କୁ ତାଲିମ ଦେବା ବ୍ୟବସ୍ଥା କରାଯାଇଛି । ଜିଲ୍ଲାସ୍ତରୀୟ ମାଷ୍ଟର ଟ୍ରେନର ଏବଂ ବିଧାନସଭା ନିର୍ବାଚନମଣ୍ଡଳୀସ୍ତରୀୟ ମାଷ୍ଟର ଟ୍ରେନରମାନେ ସେକ୍ଟର ଅଫିସରମାନଙ୍କ ସହାୟତାରେ ଏହି ତାଲିମ ପ୍ରଦାନ କରିବେ । ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟରେ କେବଳ ପ୍ରିଜାଇଡିଂ ଅଫିସର ଓ ଫାଷ୍ଟ ପୋଲିଂ ଅଫିସରଙ୍କୁ ତାଲିମ ଦିଆଯିବାକୁ ଥିବା ବେଳେ ତୃତୀୟ ପର୍ଯ୍ୟାୟରେ ସମସ୍ତ ପୋଲିଂ କର୍ମଚାରୀଙ୍କୁ ଏହି ତାଲିମ ପ୍ରଦାନ କରାଯିବ । ନିଯୁକ୍ତି ପତ୍ର ପାଇଥିବା ସମସ୍ତ ପୋଲିଂ କର୍ମଚାରୀମାନଙ୍କ ପାଇଁ ଏହି ତାଲିମ ବାଧ୍ୟତାମୂଳକ କରାଯାଇଛି । ଯିଏ ଏହି ତାଲିମରେ ଭାଗ ନେବ ନାହିଁ ବା ଅନୁପସ୍ଥିତ ରହିବ ସେମାନଙ୍କ ବିରୁଦ୍ଧରେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ ଚେତାବନୀ ଦେଇଛନ୍ତି । ଏଥି ସହିତ ଚଳିତ ଉପ-ନିର୍ବାଚନରେ ନିର୍ଦ୍ଦିଷ୍ଟ କିଛି ବର୍ଗର ଭୋଟରଙ୍କୁ ପୋଷ୍ଟାଲ ବାଲଟ୍ ସୁବିଧା ଯୋଗାଇ ଦେବା ପାଇଁ ମଧ୍ୟ ଗତକାଲି ଠାରୁ ପ୍ରକ୍ରିୟା ଆରମ୍ଭ ହୋଇଛି । ଏହା ୫ଦିନ ଧରି ଚାଲିବ । କୋଭିଡ-୧୯ ନିମନ୍ତେ ସତର୍କତା ଅବଲମ୍ବନ ପୂର୍ବକ ତିନୋଟି ବର୍ଗର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ଜରିଆରେ ମତଦାନ କରିବା ପାଇଁ ନିର୍ବାଚନ କମିଶନ ଅନୁମତି ଦେଇଛନ୍ତି । ସେମାନେ ହେଲେ ୧. ବରିଷ୍ଠ ନାଗରିକ ଭୋଟର (୮୦ ବର୍ଷରୁ ଉର୍ଦ୍ଧ୍ୱ ବ୍ୟକ୍ତିବିଶେଷ) ଯାହାଙ୍କ ନାମ ମତଦାତା ସୂଚୀରେ ଚିହ୍ନିତ ହୋଇଥିବ । ୨. ଦିବ୍ୟାଙ୍ଗ ଭୋଟର ଯାହାଙ୍କ ନାମ ମତଦାତା ସୂଚୀରେ ଚିହ୍ନିତ ହୋଇଥିବ । ୩. କୋଭିଡ୍-୧୯ରେ ଆକ୍ରାନ୍ତ ବା କୋଭିଡ ସନ୍ଦିଗ୍ଧ ଭୋଟର ପାଇଁ(ଡାକ୍ତରଖାନା ବା ଗୃହ ସଙ୍ଗରୋଧରେ ଥିଲେ ବି) ଉପରୋକ୍ତ ତିନି ଶ୍ରେଣୀର ମତଦାତାମାନଙ୍କୁ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ପାଇଁ ଫର୍ମ-୧୨ଘ(୧୨ଡ) ରେ ରିଟର୍ଣ୍ଣିଂ ଅଧିକାରୀଙ୍କୁ ଆବେଦନ କରିବାକୁ ପଡିବ । ଏହି ଫର୍ମ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ)ମାନେ ମତଦାତାଙ୍କ ନିକଟକୁ ନେଇ ଯିବେ । ଏ ସମ୍ବନ୍ଧୀୟ କୌଣସି ସୂଚନା ପାଇଁ ମତଦାତାମାନେ ବୁଥସ୍ତରୀୟ ଅଧିକାରୀ(ବି.ଏଲ.ଓ)ମାନଙ୍କୁ ଯୋଗାଯୋଗ କରିପାରିବେ । ସେମାନଙ୍କ ନାମ ଓ ନମ୍ବର ଭଙ୍ଗଶ୍ୱକ୍ଷ୍ମ.ସଭ ଙ୍ଗରଭଶ୍ୱସଶ୍ୱର ରେ ଉପଲବ୍ଧ ଅଟେ । ଏଥି ସହିତ ସେମାନେ କଂଟ୍ରୋଲ ରୁମ ନମ୍ବର - ୦୬୭୮୨- ୨୬୨୨୭୮ ଅଥବା ନିଶୁଳ୍କ ନମ୍ବର ୧୯୫୦ରେ ମଧ୍ୟ ଯୋଗାଯୋଗ କରିପାରିବେ । ଏ ସମ୍ପର୍କୀତ ଅଧିକ ସୂଚନା ଆବଶ୍ୟକ ଥିଲେ ଜିଲ୍ଲାର ପୋଷ୍ଟାଲ ବାଲଟ୍ ନୋଡାଲ ଅଧିକାରୀ ଶ୍ରୀ ହରିଶ ଚନ୍ଦ୍ର ଜେନା, ଉପଜିଲ୍ଲାପାଳ, ନୀଳଗିରି ( ମୋ. ନମ୍ବର-୯୪୩୭୧୭୪୫୧୩)ଙ୍କୁ ମଧ୍ୟ ଯୋଗାଯୋଗ କରିପାରିବେ । ଏଠାରେ ସୂଚନାଯୋଗ୍ୟ ଯେ ଭୋଟ ଗଣନା ସମୟରେ ପୋଷ୍ଟାଲ ବାଲାଟ୍ ମାଧ୍ୟମରେ ମତଦାନ କରିଥିବା ମତଦାତାଙ୍କ ଭୋଟ ସର୍ବପ୍ରଥମେ ଗଣାଯାଇଥାଏ । ତେବେ ପୋଷ୍ଟାଲ ବାଲଟ୍ ମାଧ୍ୟମରେ ମତଦାନ କରିବା ବାଧ୍ୟତାମୂଳକ ନୁହେଁ ଏବଂ ଏହା ଏକ ଇଚ୍ଛାଧୀନ ସୁବିଧା । ନିର୍ବାଚନ ଆୟୋଗଙ୍କ ଦ୍ୱାରା ପ୍ରଦତ ଏହି ସୁବିଧାର ସଦୁପଯୋଗ କରିବାକୁ ଜିଲ୍ଲା ନିର୍ବାଚନ ଅଧିକାରୀ ଅନୁରୋଧ କରିଛନ୍ତି ।

# ଘଟଗାଁ ବ୍ଲକରୁ ପ୍ଲାଜମା ଦାନ କଲେ ୩ଜଣ




ଗୋଲାବନ୍ଧ(ପିଏନ)- ଘଟଗାଁ ବ୍ଲକର ୩ଜଣ ପ୍ରବାସୀ କଟକ ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡିକାଲରେ ଅବସ୍ଥାପ୍ଳଛ ପ୍ଲାଜମା ଦାନ କେନ୍ଦ୍ରରେ ପ୍ଲାଜମା ଦାନ କରି ଫେରିଛନ୍ତି । ଖବରରୁ ପ୍ରକାଶ ଯେ ରାଜ୍ୟ ସରକାର ଗୁରୁତର କରୋନା ରୋଗୀଙ୍କ ଆଶୁ ଆରୋଗ୍ୟ ପାଇଁ ପ୍ଲାଜମା ଦାନକୁ ଏକ ଫଳପ୍ରଦ ପଦ୍ଧତି ରୂପେ ଆପଣେଇବା ସହ ଏ ନେଇ ଉତ୍ସାହିତ କରି ଆସୁଛନ୍ତି । କିଛିଦିନ ପୂର୍ବେ ପ୍ରଥମ ଦଫାରେ ଘଟଗାଁ ବ୍ଲକ ପ୍ରଶାସନ ଓ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ତରଫରୁ ୯ଜଣଙ୍କ ନାମ ଜିଲ୍ଲା ପ୍ରଶାସନକୁ ପ୍ରେରଣ କରାଯାଇଥିଲା । ଜିଲ୍ଲା ପ୍ରଶାସନ ସେମାନଙ୍କ ମଧ୍ୟରୁ ପ୍ରଥମ ପର୍ଯ୍ୟାୟରେ ୪ଜଣଙ୍କୁ ପ୍ରେରଣ କରିବା ନିମି ପତ୍ର ପ୍ରେରଣ କରିଥିଲେ । ମାତ୍ର ଶେଷ ମୁହୂ ର୍ତରେ ଜନୈକ ବ୍ୟାଙ୍କ କର୍ମଚାରୀ ଏ ନେଇ ମନା କରିବା ପରେ ୩ଜଣ ଯାଇ ପ୍ଲାଜମା ଦାନ କରି ଆସିଛନ୍ତି । ପ୍ଲାଜମା ଦାନ କରିବା ପୂର୍ବରୁ ସରକାରଙ୍କ ତରଫରୁ ଆନୁଷଙ୍ଗିକ ସ୍ୱାସ୍ଥ୍ୟ ପରୀକ୍ଷା କରାଯିବା ସହ ସେମାନଙ୍କୁ ରହିବା ଓ ଖାଇବାର ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଥିଲା । ପରେ ପରେ ଏହି ଉଲ୍ଲେଖନୀୟ ତଥା ମହତ କାର୍ଯ୍ୟ ପାଇଁ ରାଜ୍ୟ ସରକାରଙ୍କ ପ୍ରଶସ୍ତିପତ୍ର ପ୍ରଦାନ କରାଯାଇଥିଲା । ସୂଚନା ଥାଉକି କୋରନାରୁ ସୁସ୍ଥ ହେବାର ଅନ୍ୟୁନ ୨୮ଦିନ ପରେ ଏକାଧିକ ରୋଗ ନଥିବା ଜଣେ ସୁସ୍ଥ ବ୍ୟକ୍ତି ପ୍ଲାଜମା ଦାନ କରିବାର ନିୟମ ରହିଛି ଓ ଜଣେ ବ୍ୟକ୍ତିର ପ୍ଲାଜମା ସହାୟତାରେ ୨ଜଣ ରୋଗୀଙ୍କୁ ସୁସ୍ଥ କରାଯାଇ ପାରୁଛି । ବିଡିଓ ନାୟାରଣ ସାହୁ, ଡାକ୍ତର ମୁକ୍ତିକାନ୍ତ ନାୟକ, ଏବିଡିଓ ଚି ରଞ୍ଜନ ନାୟକ ଓ ସ୍ୱାସ୍ଥ୍ୟ ସଂପ୍ରସାରଣ ଅଧିକାରୀ ବିପୀନ ଷଡଙ୍ଗୀ ଅଧିକରୁ ଅଧିକ ସୁସ୍ଥ ହୋଇଥିବା ପ୍ରବାସୀ ତଥା ସାଧାରଣ ବ୍ୟକ୍ତି ପ୍ଲାଜମା ଦାନ ଭଳି ମହାନ କାର୍ଯ୍ୟ ପାଇଁ ଆଗେଇ ଆସିବାକୁ ନିବେଦନ କରିବା ସହ ବ୍ୟାପକ ଜନସଚେତନତା କାର୍ଯ୍ୟକ୍ରମ ଅବ୍ୟାହତ ରଖିଛନ୍ତି ।




# ‘କାଗଜ ଗୁଡି’ର ଶୁଭମହୁରତ୍

ଭୁବନେଶ୍ୱର,(ପିଏନ): ସୁମିତ୍ରା ଏଂଟରଟେନ୍‌ମେଂଟ୍ ନିବେଦିତ ଓଡିଆ ଚଳଚ୍ଚିତ୍ର ‘ମନ ମୋର କାଗଜଗୁଡି’ର ମହୁରତ ହୋଇଯାଇଛି । ନିକୋପାର୍କ ନିକଟସ୍ଥ ସୁନାଦେଇ ମନ୍ଦିରରେ ଆୟୋଜିତ ଏହି ମହୁରତ ଉତ୍ସବରେ ମାନ୍ୟବର ଭୁବନେଶ୍ୱର ମଧ୍ୟ ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା ମହୁରତ କ୍ଲାପ ଦେଇ ଚଳଚ୍ଚିତ୍ରର ଆନୁଷ୍ଠାନିକ ଭାବେ ଶୁଭାରମ୍ଭ ସହିତ ଟାଇଟଲ୍ ଉନ୍ମୋଚିତ କରିଥିଲେ । ରାକେଶ ଓ ଭୂମିକାଙ୍କ ଅଭିନୀତ ଏହି ଚଳଚ୍ଚିତ୍ରର ନିର୍ଦ୍ଦେଶନା ଦେଉଛନ୍ତି ଡିରେକ୍ଟର ଦେବଜ୍ୟୋତି ପାତ୍ର (ଦୀପୁ) । ଯଦିଓ ନିର୍ଦ୍ଦେଶକ ଭାବେ ଏହା ତାଙ୍କର ପ୍ରଥମ ସିନେମା ହେବ ତେବେ ଷାଠିଏରୁ ଉର୍ଦ୍ଧ୍ୱ ସିନେମାର ସେ ଚିଫ୍ ଏସୋସିଏଟ୍ ଡିରେକ୍ଟର ଭାବେ କାମ କରିସାରିଛନ୍ତି । ନାୟକ ନାୟିକା ଭାବେ ନଜର ଆସିବେ ୟଙ୍ଗ୍ ସେନ୍‌ସେସନ ରାକେଶ ଓ ଭୂମିକା । ରାକେଶ ଓ ଭୂମିକା ଯୋଡିର ଏହା ପ୍ରଥମ ଚଳଚ୍ଚିତ୍ର । ଅନ୍ୟାନ୍ୟ ଭୂମିକାରେ ପ୍ରୀତିରାଜ ଶତପଥୀ, ଐଶ୍ୱର୍ଯ୍ୟା ବେହେରା, ମମତା ଦାଶ, ବୀରେନ୍ ମିଶ୍ର, ଗୁଡୁ, ଜ୍ଞାନ ପ୍ରମୁଖଙ୍କୁ ଦେଖିବାକୁ ମିଳିବ । ଯୁବ ଉଦ୍ୟୋଗୀ ଶିବିର ପରିଡା ଓ ଲକ୍ଷ୍ମୀପ୍ରିୟା ପରିଡାଙ୍କ ପ୍ରଯୋଜନାରେ ନିର୍ମିତ ‘ମନ ମୋର କାଗଜ ଗୁଡି’ର ସହ ପ୍ରଯୋଜକ ଅଛନ୍ତି ବିବେକାନନ୍ଦ ବାରିକ ଓ ପାର୍ବତୀ ବାରିକ । ସଙ୍ଗୀତ ଦେଇଛନ୍ତି ଜାପାନୀ ଭାଇ । ଗୀତରଚନା କରିଛନ୍ତି ବସନ୍ତରାଜ ସାମଲ ଓ ସୁବ୍ରତ ସ୍ୱାଇଁ । ଦିବ୍ୟସିଂହ ରାୟଙ୍କ ରଚିତ କାହାଣୀରେ ସଂଳାପ ଦେଇଛନ୍ତି ମାନସ ପଢିଆରୀ । ସୋମିଓ ସିନେମାଟୋଗ୍ରାଫର ଥିବାବେଳେ ମୁଖ୍ୟ ସହକାରୀ ନିର୍ଦ୍ଦେଶକ ଓ ସହକାରୀ ନିର୍ଦ୍ଦେଶକ ଅଛନ୍ତି ସ୍ୱାଗତ ପାତ୍ର ଏବଂ ଜୁନିୟର ସିଦ୍ଧାନ୍ତ । ମେକ୍ ଅପ୍‌ରେ ରାଜୁ, କେଶବିନ୍ନ୍ୟାସରେ ତୁଳସୀ ଓ କଳାରେ ନବଘନ ଦଳେଇ ଥିବାବେଳେ ବ୍ୟବସ୍ଥାପନାରେ ଅଛନ୍ତି ସର୍ବେଶ୍ୱର ସୂତାର । ଚଳଚ୍ଚିତ୍ରର ପ୍ରଚାର ଓ ପ୍ରସାର ଦାୟିତ୍ୱ ବହନ କରିଛନ୍ତି ‘ବେଷ୍ଟ ଆଇଡିଆଜ୍’ । ‘ମନ ମୋର କାଗଜ ଗୁଡି’ ଶୀର୍ଷକରେ ନିର୍ମିତ ଏହି ଚଳଚ୍ଚିତ୍ରର କାହାଣୀ ସମ୍ପୂର୍ଣ୍ଣ ଭିନ୍ନ ଧରଣର । ଓଡିଆ ଚଳଚ୍ଚିତ୍ରର ଶୀର୍ଷକରେ ଇଂରାଜୀ ଓ ହିନ୍ଦୀ ଶବ୍ଦର ବ୍ୟବହାରକୁ ନେଇ ଦର୍ଶକ ଓ ସମାଲୋଚକମାନେ ପ୍ରଶ୍ନ ଉଠାଇ ଆସିଛନ୍ତି । ସେ ଦୃଷ୍ଟିରୁ ଏହାର ଶୀର୍ଷକ ନିଆରା । ଏହା ଏମିତି ଏକ ଶୀର୍ଷକ ଯେଉଁଥିରେ ଓଡିଆତ୍ୱ ରହିଛି, ରହିଛି ଆପଣାପଣ । ଯେମିତି ମିଠା ସେମିତି ମନଛୁଆଁ । ଶୀର୍ଷକରୁ ହିଁ ଦର୍ଶକ ଅନୁମାନ କରିପାରିବେ ଯେ ଏହା ଏକ ମୌଳିକ କାହାଣୀ । କୌଣସି ସିନେମାର କପି ନୁହେଁ କି ଏଥିରେ କୌଣସି ସିନେମାର ଛାପ ନାହିଁ । ଆଉ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସାମ୍ପ୍ରତିକ ସମସ୍ୟା ଉପରେ ଏହା ଆଧାରିତ । ବିଭିନ୍ନ ପ୍ରକାର ଚାପର ଶିକାର ହୋଇ ଯୁବ ପିଢି କିପରି ଅବାଟରେ ପାଦ ରଖୁଛନ୍ତି ଓ ନିଶା କବଳରେ କବଳିତ ହେଉଛନ୍ତି, ତାର ନଜିର ରହିଛି ଏଥିରେ । ବାଟବଣା ଯୁବ ବର୍ଗଙ୍କୁ ବାଟକୁ ଆଣିବାକୁ ସୁମିତ୍ରା ଏଂଟରଟେନ୍ ମେଂଟ୍‌ର ଏ ପ୍ରୟାସ । କାହାଣୀରେ ମନୋରଞ୍ଜନର ଭରପୂର ମସଲା ରହିଛି । ସବୁ ବର୍ଗର ଦର୍ଶକଙ୍କୁ ଏହା ପସନ୍ଦ ଆସିବ । ଏହା ଏକ ବ୍ୟୟବହୁଳ ଛବି ହୋଇଥିବା ବେଳେ ଗୀତଗୁଡିକ ବାହାର ଲୋକେସନରେ ସୁଟିଂ କରାଯିବାର ଯୋଜନା ରହିଛି । ସିନେମା ପାଇଁ କେବଳ ସିନେମା ନୁହେଁ । କରୋନା ଯୋଗୁ ଠପ୍ ହୋଇଯାଇଛି ସିନେମା ଶିଳ୍ପ । କଳାକାର ଓ ଟେକ୍ନିସିଆନଙ୍କ ହାତରେ ପ୍ରାୟତଃ କାମ ନାହିଁ । ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି ସମସ୍ତେ । ଏଣୁ ସୁମିତ୍ରା ଏଂଟରଟେନ୍‌ମେଂଟ୍ ପକ୍ଷରୁ କଳାକାର ଓ ଟେକ୍ନିସିଆନ୍‌ମାନଙ୍କୁ କାମ ଯୋଗାଇଦେବା ଉଦ୍ଦେଶ୍ୟ ନେଇ ଏହି ଚଳଚ୍ଚିତ୍ରର ଯୋଜନା କରାଯାଇଛି ବୋଲି ସ୍ପଷ୍ଟ କରିଛନ୍ତି ପ୍ରଯୋଜକ ଶିବିର କୁମାର ପରିଡା । ମହୁରତ ଉତ୍ସବରେ ଏହାର ସମସ୍ତ କଳାକାର ଓ ଟେକ୍ନିସିଆନଙ୍କ ସମେତ ଓଲିଉଡର ସହ ସମ୍ପୃକ୍ତ ବହୁ ନାମୀଦାମୀ ବ୍ୟକ୍ତିବିଶେଷ ଯୋଗ ଦେଇଥିଲେ । ନଭେମ୍ବର ୧୩ ତାରିଖରେ ‘ମନମୋର କାଗଜଗୁଡି’ ଫ୍ଲୋରକୁ ଆସିବ ବୋଲି ସୂଚନା ରହିଛି ।

# ଶ୍ରମିକ ବିରୋଧି ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇବା ପାଇଁ ଶ୍ରମିକ କର୍ମଚାରୀ ବଦ୍ଧ ପରିକର




ଭୁବନେଶ୍ୱର,୨୭।୧୦(ପି.ଏନ): କେନ୍ଦ୍ରରେ ବି.ଜେ.ପି଼ ସରକାର ଏବଂ ରାଜ୍ୟରେ ବି.ଜେ.ଡ଼ି ସରକାର କୃଷକ କର୍ମଚାରୀ ବିରୋଧି ହୋଇଥିବାରୁ ଆଗାମୀ ବାଲେଶ୍ୱର ଓ ତ୍ରିତୋଲ ବିଧାନସଭା ଉପନିର୍ବାଚନରେ ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀ ମମତା କୁଣ୍ଡୁ ଓ ଜଗତସିଂହପୁର ପ୍ରାର୍ଥୀ ହିମାଂଶୁ ମଲ୍ଲିକଙ୍କୁ ଜିତାଇବା ପାଇଁ ଗତ ତା. ୨୨.୧୦.୨୦୨୦ ରିଖରେ ବାଲେଶ୍ୱର ଦୁର୍ଗା ଗାର୍ଡେନ ଠାରେ ଜାତୀୟ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଜାତୀୟ ଉପସଭାପତି, ଓଡ଼ିଶା ଶାଖାର ସଭାପତି ତଥା ପ୍ରାକ୍ତନ ସାଂସଦ ଡକ୍ଟର ରାମଚନ୍ଦ୍ର ଖୁଂଟିଆଙ୍କ ପୌରାହିତରେ ଅନୁଷ୍ଠିତ ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଆଂଚଳିକ ସମ୍ମିଳନୀରେ ନିଷ୍ପତି ନିଆଯାଇଛି । ଏହି ସମ୍ମିଳନୀରେ ଏ.ଆ।ଇ.ଟି.ୟୁ.ସି., ସି.ଆଇ.ଟି.ୟୁ.,ଏଚ.ଏମ୍.ଏସ୍. ଏ.ଆଇ.ସି.ସି.ଟି.ୟୁ ପ୍ରଭୃତି ସମସ୍ତ କେନ୍ଦ୍ରୀୟ ଶ୍ରମିକ ସଂଗଠନକୁ ଶ୍ରମିକ କର୍ମଚାରୀ ବିରୋଧି ବି.ଜେ.ପି. ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରାଯାଇଛି । ଏହି ସମ୍ମିଳନୀକୁ ବିଧିବଧ ଭାବେ ଉଦ୍‌ଘାଟନ କରି ଅଖିଳ ଭାରତ କଂଗ୍ରେସ କମିଟିର ସାଧାରଣ ସଂପାଦକ ତଥା ସାଂସଦ ଡକ୍ଟର ଏ. ଚେଲ୍ଲା କୁମାର କହିଥିଲେ ଯେ, ରାଷ୍ଟ୍ରୀୟ ମଜଦୁର କଂଗ୍ରେସ କେବଳ ଭାରତ ନୁହେଁ ସାରା ପୃଥିବୀରେ ବୃହତମ ଶ୍ରମିକ ସଂଗଠନ । ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଭାରତ ବର୍ଷରେ ପ୍ରଣିତ ସମସ୍ତ ଶ୍ରମ ଆଇନ ଗୁଡ଼ିକୁ ପ୍ରଣୟନ କରିବା ପାଇଁ ମୁଖ୍ୟ ଭୂମିକା ନେଇଥିଲେ । ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ରାଜନୈତିକ ଦୃଷ୍ଟି କୋଣରୁ କଂଗ୍ରେସକୁ ସମର୍ଥନ କରୁଥିଲେ ହେଁ ଶ୍ରମିକ କର୍ମଚାରୀଙ୍କ ସ୍ୱାର୍ଥ ପାଇଁ କଂଗ୍ରେସ ସରକାରଙ୍କ କାର୍ଯ୍ୟକୁ କେବେ ପ୍ରତିବାଦ କରିବା ପାଇଁ ପଛାଇ ନାହିଁ । ଏଣୁ ଏହି ପରିପ୍ରେକ୍ଷୀରେ ଶ୍ରମିକ କର୍ମଚାରୀ ଓ ଚାଷୀ ବିରୋଧି ମୋଦୀ ଓ ନବୀନ ପଟ୍ଟନାୟକଙ୍କ ପ୍ରାର୍ଥୀଙ୍କୁ ବାଲେଶ୍ୱର ଓ ତ୍ରିତୋଲରୁ ହରାଇ କଂଗ୍ରେସ ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରିଥିଲେ । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ସଭାପତି ଶ୍ରୀଯୁକ୍ତ ନିରଞ୍ଜନ ପଟ୍ଟନାୟକ ମୁଖ୍ୟ ଅତିଥି ଭାବରେ ଏହି ସଭାରେ ଉଦ୍‌ବୋଧନ ଦେଇ କହିଥିଲେ ଯେ, ବାଲେଶ୍ୱରର ସମସ୍ତ ଉନ୍ନୟନ କାର୍ଯ୍ୟ ଓ କଳକାରଖାନା କେବଳ କଂଗ୍ରେସ ସମୟରେ ହିଁ ହୋଇଛି । ଅନ୍ୟ କୌଣସି ଦଳର ବାଲେଶ୍ୱର ସହରର ଉନ୍ନୟନ ପାଇଁ କିଛି ଅବଦାନ ନାହିଁ ଏବଂ କଂଗ୍ରେସ ପ୍ରାର୍ଥୀ ମମତା କୁଣ୍ଡୁ ଜଣେ ଦକ୍ଷ ନାରୀ ନେତ୍ରୀ, ତେଣୁ ତାଙ୍କୁ ବିପୁଳ ଭୋଟ ଦେଇ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ । ରାଜ୍ୟ ବିଧାନ ସଭା ଶ୍ରୀ ତାରା ବାହିନୀ ପତି, ବିଧାୟକ, ଶ୍ରୀ ସପ୍ତଗିରି ଉଲ୍ଲାକା, କୋରାପୁଟ ସାଂସଦ, ଶ୍ରୀଯୁକ୍ତ ପ୍ରଦୀପ ମାଝୀ, ପ୍ରାକ୍ତନ ସାଂସଦ ତଥା ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର କାର୍ଯ୍ୟକାରୀ ସଭାପତି ଓ ସୁଦର୍ଶନ ଦାସ ପ୍ରମୁଖ ଏହି ସଭାରେ ଉଦ୍‌ବୋଦନ ଦେଇ କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁଙ୍କୁ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ । କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁ ଏହି ସଭାରେ ଉଦ୍‌ବୋଧନ ଦେଇ ବାଲେଶ୍ୱର ସହରର ସମସ୍ତ କାର୍ଯ୍ୟ କରିବା ସଂଗେ ସଂଗେ ବି.ଜେ.ଡ଼ି ଓ ବି.ଜେ.ପି ସରକାର ବାଲେଶ୍ୱର ଅଧିବାସୀଙ୍କ ଆଶା ଆକାକ୍ଷା ପୂର୍ଣ୍ଣ କରିବା ପାଇଁ ସଂପୂର୍ଣ୍ଣ ବିଫଳ ହୋଇଥିବାରୁ ୩ ବର୍ଷ ତାଙ୍କୁ ସୁଯୋଗ ଦେବା ପାଇଁ ବିନମ୍ର ନିବେଦନ କରିଥିଲେ । ଡକ୍ଟର ଖୁଂଟିଆ, ପୂର୍ବତନ ସାଂସଦ ଏହି ସଭାରେ ପୌରାହିତ କରି ବାଲେଶ୍ୱର ଜିଲ୍ଲା ସଦର ମହକୁମା ମେଡ଼ିକାଲ କଲେଜ ଏବଂ ଇକ୍ଷକ୍ଷଗଝ ର ପ୍ରସ୍ତାବ କଂଗ୍ରେସ ସରକାର ସମୟରେ ଗୋଲାବ ନବୀ ଆଜାଦ ଘୋଷଣା କରିଥିଲେ ଏବଂ ଡକ୍ଟର ଖୁଂଟିଆ ନିଜେ ଇଓଓଗଝ ର ସଦସ୍ୟ ଥିଲେ । ଯାହା ଏପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇନଥିବା କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଫଳତାର ଜ୍ୱଳନ୍ତ ନିଦର୍ଶନ । ଏହି ସଭାରେ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ସାଧାରଣ ସଂପାଦକ କିଶୋର ଜେନା, ଉପସଭାପତି ମଦନ ମୋହନ ଧଳ, ବିଦ୍ୟାଧର ମହାନ୍ତି, କୋଷାଧ୍ୟକ୍ଷ ଧରଣୀ ଧର ସ୍ୱାଇଁ, ଯୁଗ୍ମ ସଂପାଦକ ଅକ୍ଷୟ ତ୍ରିପାଠୀ, ପ୍ରଣତୀ ମିଶ୍ର, ସୁରେଶ ବେହେରା, ବାସନ୍ତୀ ସାମଲ, ବିକାଶ ଦାସ, ରଘୁନାଥ ମାଝୀ, ପରାମାନନ୍ଦ ସେଠୀ, ବିଷ୍ଣୁ ରଥ, ବିଜୟ ଦ୍ୱିବେଦୀ, ବିଜୟ ବୋଇତଇ, ଚନ୍ଦ୍ରକାନ୍ତ ଖଣ୍ଡେଇ ଓ ରମାକାନ୍ତ ଗାହାଣ ପ୍ରମୁଖ ଯୋଗଦେଇଥିଲେ ।

# ବାରିପଦା ସହରକୁ ବାହ୍ୟ ମଳତ୍ୟାଗ ମୁକ୍ତ ସହର ଘୋଷଣା

ବାରିପଦା,(ପି.ଏନ) ବାରିପଦା ପୌରପରିଷଦ ପକ୍ଷରୁ ବାରିପଦା ସହରକୁ ବାହ୍ୟ ମଳତ୍ୟାଗ ମୁକ୍ତ ସହର ଘୋଷଣା କାର୍ଯ୍ୟକ୍ରମ ସ୍ଥାନୀୟ ସହୀଦ ସ୍ମୃତି ଭବନ ପରିସରରେ ଅନୁଷ୍ଠିତ ହୋଇଯାଇଛି । ବାରିପଦା ପୌରପରିଷଦ ଅଧ୍ୟକ୍ଷ ବବିତା ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବିଧାନସଭା ଉପବାଚସ୍ପତି ସାନନ୍ଦ ମାର୍ଣ୍ଡି , ସମ୍ମାନିତ ତିଥି ଭାବେ ଜିଲ୍ଲାପାଳ ବିନୀତ ଭରଦ୍ୱାଜ, ଉପଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡା, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା଼. ପୂରବୀ ମହାନ୍ତି, ଉପନଗରପାଳ ଜିତେନ୍ଦ୍ର ମହାନ୍ତି ପ୍ରମୁଖ ଯୋଗଦେଇଥିଲେ । ଏହି ଅବସରରେ ବାରିପଦା ସହରର ସମସ୍ତ ୨୮ଟି ୱାର୍ଡକୁ ବାହ୍ୟ ମଳତ୍ୟାଗ ମୁକ୍ତ ଅଂଚଳ ଭାବେ ଘୋଷଣା କରାଯାଇଥିଲା । ସ୍ୱଚ୍ଛ ଭାରତ ଅଭିଯାନ ମାଧ୍ୟମରେ ଆରମ୍ଭ ହୋଇଥିବା କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ସହରର ବସ୍ତି ବାସିନ୍ଦାଙ୍କ ମଧ୍ୟରୁ ଯେଉଁମାନେ ବାହାରକୁ ଶୌଚ ହେବା ପାଇଁ ଯାଉଥିଲେ ସେମାନଙ୍କୁ ସରକାରଙ୍କ ସହାୟତା ରାଶିରେ ବ୍ୟକ୍ତିଗତ ଭାବେ ପାଇଖାନା ନିର୍ମାଣ କରାଇ ବ୍ୟବହାର କରିବା ପାଇଁ ସଚେତନା କରାଯାଇଥିଲା । ଯାହା ଫଳରେ ଆଜି ସହରକୁ ବାହ୍ୟ ମଳତ୍ୟାଗ ମୁକ୍ତ ସହର ଭାବେ ଘୋଷଣା କରାଯାଇଛି । ବାରିପଦା ପୌରପରିଷଦ ଦ୍ୱାରା ବାହ୍ୟ ମଳତ୍ୟାଗ କାର୍ଯ୍ୟକ୍ରମରେ ପ୍ରଥମ ପର୍ଯ୍ୟାୟରେ ୨୫୩୬ଜଣ ହିତାଧିକାରୀଙ୍କ ଠାରୁ ଦରଖାସ୍ତ ଗ୍ରହଣ କରାଯାଇଥିଲା ଏବଂ ଏହା ମଧ୍ୟରୁ ପାଇଖାନା ନିର୍ମାଣ ପାଇଁ ଅଗ୍ରିମ ୨ହଜାର ଟଙ୍କା ପ୍ରଦାନ କରାଯାଇଥିଲା ।

# ବଧୂ ହତ୍ୟା ଅଭିଯୁକ୍ତଙ୍କୁ ଧରୁନି ପୁଲିସ, ଏସପିଙ୍କୁ ଭେଟିଲେ ପରିବାର ଲୋକେ

କୋରେଇ, (ପିଏନ)-ଯାଜପୁର ଥାନା ଅନ୍ତର୍ଗତ ଧନିପୁର ଗ୍ରାମର ସରସ୍ୱତୀ ପାଣି ନାମକ ମହିଳାଙ୍କୁ ତାଙ୍କ ଶାଶୁଘର ପରିବାର ପକ୍ଷରୁ ଯୌତୁକ ଦାବିରେ କିରୋସିନି ଢାଳି ନିଆଁ ଲଗାଇଦେଇଥିଲେ । ଗତ ଅଗଷ୍ଟ ୨୮ ତାରିଖ ଏଭଳି କାଣ୍ଡ ଘଟିବା ପରେ ସରସ୍ୱତୀଙ୍କୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା । ଏନେଇ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ସରସ୍ୱତୀର ସ୍ୱାମୀ ମାର୍କଣ୍ଡପୁର ଗ୍ରାମର ନରେନ୍ଦ୍ର ପାଣିଙ୍କ ପୁଅ ରବିନ୍ଦ୍ରକୁ ଗିରଫ କରିଥିଲା । ମାତ୍ର ଅନ୍ୟ ଅଭିଯୁକ୍ତ ଶାଶୁ ପ୍ରେମଲତା, ନଣନ୍ଦ ରୀନା ଓ ନଣନ୍ଦେଇ କାଦୁଆକୁ ପୁଲିସ ଗିରଫ କରିନାହିଁ । ପରବର୍ତି ଅବସ୍ଥାରେ ଗତ ସେପ୍ଟେମ୍ବର ୪ ତାରିଖ ଚିକିତ୍ସିତ ଅବସ୍ଥାରେ ସରସ୍ୱତୀର ମୃତ୍ୟୁ ହୋଇଥିଲା । ମୃତ୍ୟୁ ପୂର୍ବରୁ ୪ଜଣ ମିଶି କିରୋସିନି ଢାଳି ନିଆଁ ଲଗାଇଥିବାର ବୟାନ ସରସ୍ୱତୀ ଦେଇଥିଲା । ହେଲେ ମୃତ୍ୟୁର ଅବଧି ୧୨ ଦିନ ବିତିଯାଇଥିଲେ ମଧ ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଅଭିଯୁକ୍ତ ମାନଙ୍କୁ ପୁଲିସ ଗିରଫ କରୁନାହିଁ । କେବଳ ମାମଲା ରୁଜୁ କରି ଜଣଙ୍କୁ ଗିରଫ କରିଥିବା ବେଳେ ଅନ୍ୟ ଅଭିଯୁକ୍ତ ମାନେ ଖୁଲମଖୁଲା ବୁଲୁଛନ୍ତି । ମୃତ ସରସ୍ୱତୀଙ୍କୁ ନ୍ୟାୟ ଦେବା ପାଇଁ ପରିବାର ପକ୍ଷରୁ ଏସପିଙ୍କୁ ଗୁହାରୀ କରାଯାଇଛି ।

# ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି । ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି । ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି ।ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଙ୍ଖା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ । ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ । ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ ।ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା । ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା । ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି । ଖବର ପାଇ ବାଙ୍ଗିରିପୋଷି ପୁଲିସ୍ ଓ ଅଗ୍ନିଶମ ବାହିନୀ କର୍ମଚାରୀ ଘଟଣାସ୍ଥଳରେ ପହଂଚି ତୁରନ୍ତ ଅନ୍ୟ ଆହତମାନଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତି କରିଥିଲେ । ସେଠାରେ ପ୍ରାଥମିକ ଚିକିତ୍ସା ପରେ ସେମାନଙ୍କୁ ବାରିପଦା ପିଆରଏମ ମେଡିକାଲକୁ ପଠାଇ ଦେଇଛି । ଦୁର୍ଘଟଣା ଘଟାଇ ଟ୍ରକ୍ ଡ୍ରାଇଭର ଓ ହେଲପର ଟ୍ରକ ଛାଡି ଫେରାର ହୋଇଯାଇଥିବା ଜଣାଯାଇଛି ।

# କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୂତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି । ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା । କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ । ଏହି ଅବସରରେ ଜାତୀୟ ସ୍ୱସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ । ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୁର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି ।

# ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ “ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା”ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ । ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି ।ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ ।ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି ।ଏହାର ସମାଧାନ ଆମ ନିଜ ପାଖରେ ଅଛି ।ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ ।

# ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି । ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି ।

ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା, ଦକ୍ଷତା ବୃଦ୍ଧି ପାଇଁ ତାଲିମ ଦେବା, ଆଶାସାଥି ମାନଙ୍କୁ ବୀମା ଭୁକ୍ତ କରି ମୃତ୍ୟୁକାଳୀନ ସହାୟତା ପ୍ରଦାନ କରିବା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ଯୋଜନା ଓ ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଲାଗୁ କରିବା, ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅର୍ନ୍ତଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି ।

## ସ୍କର୍ପିଓ ଧକ୍କାରେ ଦୁଇ ସ୍କୁଟି ଆରୋହୀ ଆହତ

କୋରେଇ,(ପିଏନ)- ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ତୁଳସୀ ପେଟ୍ରୋଲ ପମ୍ପ ନିକଟରେ ଭୁବନେଶ୍ୱରରୁ ନିଜଗ୍ରାମ କେଉଁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ବାଇଁଶିରା ଗ୍ରାମକୁ ଏକ ସ୍କୁଟି( ଓଡ଼ି୩୩କେ୨୭୭୭)ରେ ଯାଉଥିବା ଦାମୁ ଚମ୍ପିଆଙ୍କ ଦୁଇ ପୁଅ କେଦାର ଓ କୀର୍ତନଙ୍କୁ ଏକ ଦ୍ରୁତଗାମୀ ସ୍କର୍ପିଓ ସାଇଡ଼ ମାରିଦେବାରୁ ଦୁଇ ଭାଇ ରାସ୍ତା ଡ଼ିଭାଇଡ଼ର ଉପରେ ପଡ଼ି ଆହତ ହୋଇଥିଲେ ।

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା । ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ । ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି । ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷିରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି । ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି । ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ ।

ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନସିପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି । ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି ।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି । କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି । ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ- ୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି । ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି । କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ମେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି । ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି ।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି । ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି । ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ । ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି । ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି । ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ ।

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Monday June 17, 2024 ଭୁବନେଶ୍ୱର ସୋମବାର, ଜୁନ ୧୭,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


## ଗଜପତି ବିଶ୍ୱ ହିନ୍ଦୁ ପରିଷଦ ତରଫରୁ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ସ୍ମାରକପତ୍ର



ପାରଳାଖେମୁଣ୍ଡି, (ପି.ଏନ): କାଶ୍ମୀରରେ ତୀର୍ଥଯାତ୍ରୀଙ୍କ ଉପରେ ଆକ୍ରମଣ ଘଟଣାକୁ ନିନ୍ଦା କରିବା ସହ ଆତଙ୍କବାଦୀଙ୍କୁ କଠୋରରୁ କୋଠର ଦଣ୍ଡ ବିଧାନ କରିବା ଉଦ୍ଦେଶ୍ୟରେ ଗଜପତି ଜିଲ୍ଲା ବିଶ୍ୱ ହିନ୍ଦୁ ପରିଷଦ ଶାଖା ପକ୍ଷରୁ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ସ୍ମାରକପତ୍ର ପ୍ରଦାନ କରାଯାଇଛି। ସୂଚନାଯୋଗ୍ୟଯେ ଚଳିତ ମାସ ୯ ତାରିଖରେ ଜମ୍ମୁକାଶ୍ମୀର ଏକ ତୀର୍ଥଯାତ୍ରୀ ବସ୍ ବସ୍ ଉପରେ ଆତଙ୍କବାଦୀ ଆକ୍ରମଣ କରିଥିଲେ। ଏଥିରେ ବସ୍ ଦୁର୍ଘଟଣାଗ୍ରସ୍ତ ହୋଇ ଘାଟି ତଳକୁ ଖସିପଡ଼ିଥିଲା। ଏଥିରେ ୧୦ଜଣ ତୀର୍ଥ ଯାତ୍ରୀଙ୍କ ଘଟଣାସ୍ଥଳରେ ମୃତ୍ୟୁ ହୋଇଥିବା ବେଳେ ୩୦ରୁ ଉର୍ଦ୍ଧ୍ୱ ଗୁରୁତର ବିଭିନ୍ନ ଚିକିତ୍ସାଳୟରେ ଚିକିତ୍ସିତ ଆହତ ହୋଇଛନ୍ତି। ଏହିଭଳି ଅମାନୁଷିକ ଓ ବର୍ବରତାପୂର୍ଣ୍ଣ କାର୍ଯ୍ୟକୁ ବିରୋଧ କରି ଗଜପତି ଜିଲ୍ଲା ବିଶ୍ୱ ହିନ୍ଦୁ ପରିଷଦ କାର୍ଯ୍ୟକାରୀ ସଭାପତି ଲୋକନାଥ ମିଶ୍ରଙ୍କ ନେତୃତ୍ୱରେ ଏକ ଦଳ ଜିଲ୍ଲାପାଳ ସ୍ମୃତି ରଞ୍ଜନ ପ୍ରଧାନଙ୍କୁ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଛି। ସ୍ମାରକପତ୍ର ପ୍ରଦାନ ବେଳେ ନଗର ସଭାପତି କୈଳାସଚନ୍ଦ୍ର ପଟ୍ଟନାୟକ, ହରିମୋହନ ପଟ୍ଟନାୟକ, ସୌମ୍ୟରଞ୍ଜନ ଆଚାର୍ଯ୍ୟ, ରଞ୍ଜନ ଦାସ, ରବିନ କୁମାର ସାହୁକାର, ଚନ୍ଦ୍ର ଦାସ ଓ ନୃସିଂହାନନ୍ଦ ପଟ୍ଟନାୟକ ପ୍ରମୁଖ କର୍ମକର୍ତ୍ତା ଉପସ୍ଥିତ ଥିଲେ।

## ରଘୁନାଥପୁରରେ ରଜ ମହୋତ୍ସବ



ଭୁବନେଶ୍ୱର,(ପି.ଏନ): ଭୁବନେଶ୍ୱର ଉପକଣ୍ଠ ରଘୁନାଥପୁର ଗ୍ରାମରେ ରଜ ମହୋତ୍ସବ ଧୁମଧାମ୍‌ରେ ପାଳିତ ହେଉଛି। ସହରା ଳ ଛାପରେ ମଧ୍ୟ ଗ୍ରାମର ଭାଇଚାରା ଜଳ ଜଳ ହୋଇ ଦେଖା ଯାଉଛି। ଗ୍ରାମର ଚାରିଆଡେ ବିଭିନ୍ନ ପ୍ରକାର ଦୋଳି ଲାଗିବା ସହିତ ରଙ୍ଗିନ ଅଲୋକମାଳାରେ ସୁସଜ୍ଜିତ ହୋଇଛି। ଘରେ ଘରେ ପିଠାପଣାର ବାସ୍ନା ମହକୁଛି। କେଉଁଠି ଝିଅମାନେ ପୁଚି, ବୋହୁଚୋରୀ, କିତିକିତି, ଘିରିଘିରି ଓ ଲୁଚକାଳି ଖେଳ ଖେଳୁଛନ୍ତି ତ ପୁଅମାନେ କବାଡି, ଡାହୁପୁଆ, କାଚଗୁଲି ଖେଳୁଛନ୍ତି। ଛକ ମାନଙ୍କରେ ତାସ ଓ ପସା ପାଲିର ଆସର ଜମୁଛି। ସନ୍ଧ୍ୟାରେ ଗାଁ ମୁଣ୍ଡ ଯାତ୍ରା ପଡିଆ ଠାରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି। ପୁରା ଗ୍ରାମ ଉତ୍ସବ ମୁଖରିତ ହୋଇପଡିଛି। ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଭୁବନେଶ୍ୱର ସାଂସଦ ଅପରାଜିତା ଷଡଙ୍ଗୀ, ସମ୍ମାନୀତ ଅତିଥି ରୂପେ ପୂର୍ବତନ ଉ ର ବିଧାୟକ ପ୍ରିୟଦର୍ଶୀ ମିଶ୍ର, ପୂର୍ବତନ ଜିଲ୍ଲା ପରିଷଦ କୁନାଲ ରାଉତ, ପୂର୍ବତନ ସମିତି ସଭ୍ୟ ଝୁନା ରାଉତ, ଅର୍ଜୁନ ମହାରଣା, ଟୁକୁନା ଜେନା ପ୍ରମୁଖ ଯୋଗଦେଇ କହିଥିଲେ ରଜ ହେଉଛି ଭାଇଚାରାର ପର୍ବ, ସମସ୍ତଙ୍କ ମଧ୍ୟରେ ସୁସମ୍ପର୍କ ଯୋଡିଥାଏ। ଗାଁର ପରିବେଶ ସବୁବେଳେ ନିଆରା। ଏଭଳି କାର୍ଯ୍ୟକ୍ରମ ଜାରି ରହିଲେ ଗ୍ରାମର ଭାଇଚାରା ଦୃଢିଭୁତ ହୋଇପାରିବ। ଏହି ୧୧ତମ ରଜ ମହୋତ୍ସବ ଚାରିଦିନ ଧରି ଚାଲିବ। ସମ୍ପାଦକ ଶ୍ରୀନିବାସ ପଡିହାରୀ, ସହ ସମ୍ପାଦକ ଶଶୀକା' ନାୟକ ଓ କୋଷାଧ୍ୟକ୍ଷ ଅଜିତ ରାଉତ କାର୍ଯ୍ୟକ୍ରମକୁ ପରିଚାଳନା କରୁଛନ୍ତି।

## ମୁଖ୍ୟମନ୍ତ୍ରୀ ଙ୍କୁ ଭେଟି ଶୁଭେଚ୍ଛା ଜଣାଇଲେ କାଳନ୍ଦି ସାମଲ



ତାଳଚେର,(ପି.ଏନ): ଓଡ଼ିଶା ର ନବ ନିର୍ବାଚିତ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଙ୍କୁ ଭୁବନେଶ୍ୱର ରାଜ୍ୟ ଅତିଥି ଭବନ ରେ ଭେଟି ଛନ୍ତି ବରିଷ୍ଠ ବିଜେପି ନେତା ଏନ ଏସ ଆଇ ସି ର ଡ଼ାଇରେକ୍ଟର ତଥା ତାଳଚେର ର ବିଶ୍ୱସ୍ତ ସେବକ କାଳନ୍ଦି ସାମଲ।ଦିରଏକ ଘଣ୍ଟା ଧରି ଆଲୋଚନା କରିଥିଲେ ଶ୍ରୀ ସାମଲ।ବିଭିନ୍ନ ବିଷୟରେ ଆଲୋଚନା ହୋଇଥିଲା।ଏ ଅବସରରେ ଶ୍ରୀ ସାମଲ ସ୍ୱରଚିତ ଉପନ୍ୟାସ ଜାଆଁଳା ତୋଟା ଓ ସାଇତା ଲିମ୍ବ ପୁସ୍ତିକା ମୁଖ୍ୟମନ୍ତ୍ରୀ ଙ୍କୁ ପ୍ରଦାନ କରିଥିଲେ।ଏହି ସାକ୍ଷାତ ସମୟରେ ବିଜେପି ଅନୁଗୁଳ ଜୋନାଲ ମିଡିଆସେଲ ସଂଯୋଜକ ପର୍ଶୁରାମ ବାରିକ, ବିସ୍ତାରକ ଭକ୍ତ ବତ୍ସଳ ବସ୍ତିଆ, ଜିଲ୍ଲା ସମ୍ପାଦକ ସୋମନାଥ ରାଉତ ଓ ପ୍ରଶାନ୍ତ ନନ୍ଦ ଯୁବମୋର୍ଚ୍ଚା ଜିଲ୍ଲା ସାଧାରଣ ସମ୍ପାଦକ ସୁନିଲ ବିଶ୍ୱାଳ ପ୍ରମୁଖ ଉପସ୍ଥିତ ଥିଲେ।

## ପ୍ରାକ୍ତନ ସେନା କର୍ମଚାରୀଙ୍କୁ ଛୁରାମାଡ



କେନ୍ଦ୍ରାପଡ଼ା, (ପି.ଏନ): କେନ୍ଦ୍ରାପଡ଼ା ଜିଲ୍ଲାର କୁଦାନଗରୀ ଥାନା ଅଧିନ ସାନଅଢଙ୍ଗା ଗ୍ରାମ ସନ୍ନିକଟସ୍ଥ ଏକ ମଦ କାଉଁଟର ପାଖରେ ଜଣେ ପ୍ରାକ୍ତନ ସେନା କର୍ମଚାରୀ ପ୍ରମୋଦ ରାଉତଙ୍କୁ ଆଜି ଛୁରାମାଡ଼ ହୋଇଥିବା ଅଭିଯୋଗ ହୋଇଛି। ଛୁରା ମାଡ଼ରେ ପ୍ରମୋଦଙ୍କ ବାମପଟ ଛାତିରେ ଗଭୀର କ୍ଷତ ସୃଷ୍ଟି ହେବାରୁ ତାଙ୍କୁ ଚିକିତ୍ସା ପାଇଁ ପାଟକୁରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଭ ି କରାଯାଇଛି। ଛୁରାମାଡ କରିଥିବା ବ୍ୟକ୍ତିଙ୍କ ନାମ ଲାଡେନ ବୋଲି ପୁଲିସ କହିଛି। ସୂଚନା ଅନୁଯାୟୀ ପ୍ରମୋଦ ବାଇକରେ ଫେରୁଥିବା ବେଳେ ଧସନାପାରି ମଦ କାଉଁଟର ନିକଟରେ ଅଟକିଥିବା ବେଳେ ସେଠାରେ ଲାଡେନ୍ ନାମକ ଜନୈକ ଅସାମାଜିକ ଯୁବକ ଏବଂ ତାଙ୍କ ସହଯୋଗୀମାନେ ମଦ କିଣିଦେବାକୁ କହିଥିଲେ। କିନ୍ତୁ ପ୍ରମୋଦ ଏଥିରେ ରାଜି ନହେବାରୁ ଉଭୟଙ୍କ ମଧ୍ୟରେ ପ୍ରଥମେ ବଚସା ଓ ପରେ ପାଟିତୁଣ୍ଡ ହୋଇଥିଲା। ଏହାପରେ ଲାଡେନ୍ ହଠାତ ନିଜ ଅ ।ରେ ରଖିଥିବା ଏକ ଛୁରୀ କାଢି ପ୍ରମୋଦଙ୍କ ବାମପଟ ଛାତିକୁ ୩ଥର ଭୁଷିଦେଇ ସେଠାରୁ ଫେରାର ହୋଇ ଯାଇଥିଲା। ସ୍ଥାନୀୟ ଲୋକେ ପ୍ରମୋଦକୁ ପାଟକୁରା ଡାକ୍ତରଖାନାରେ ଭ ି କରିଥିଲେ। ସେଠାରୁ ଚିକିତ୍ସିତ ହେବା ପରେ ପ୍ରମୋଦ ଘଟଣା ସମ୍ପର୍କରେ କୁଦାନଗରୀ ଥାନାରେ ଅଭିଯୋଗ କରିଥିଲେ। ସେହି ଅଭିଯୋଗ ଅନୁଯାୟୀ ଏକ ମାମଲା ରୁଜୁ ହେବା ସହ ଘଟଣାର ତଦନ୍ତ ଚାଲିଥିବା କୁଦାନଗରୀ ଥାନା ଅଧିକାରୀ ସୂଚନା ଦେଇଛନ୍ତି।

## ଜୟ ମା ଭବାନୀ ଟ୍ରଷ୍ଟ ପକ୍ଷରୁ ରଜ ସଂକ୍ରାନ୍ତି ପାଳନ



ଭୁବନେଶ୍ୱର,(ପି.ଏନ): ଜୟ ମା ଭବାନୀ ଟ୍ରଷ୍ଟ ପକ୍ଷରୁ ରଜ ସଂକ୍ରାନ୍ତି ଧୁମ ଧାମ ରେ ପାଳନ-ଜୟ ମା ଭବାନୀ ଚାରିଟେବୁଲ ଟ୍ରଷ୍ଟ ପକ୍ଷରୁ ରଜ ସଂକ୍ରାନ୍ତି ଅବସର ରେ ୭ମ ବାର୍ଷିକ ଉତ୍ସବ ପାଳନ କରାଯାଇଛି, ଡ଼ ନାରାୟଣ ମହାପାତ୍ର ଙ୍କ ଅଧକ୍ଷତା ଅନୁଷ୍ଠିତ ଏହି କାର୍ଯ୍ୟକ୍ରମ ରେ ଉଦଘାଟକ ଭାବେ ରାମ ନାରାୟଣ ଦାସ ମହାରାଜ, ମୁଖ୍ୟ ଅତିଥି ଭାବେ ମାନ୍ୟବର ରାଜ୍ୟସଭା ସାଂସଦ ସୁଭାଶିଷ ଖୁଣ୍ଟିଆ ସମ୍ମାନିୟା ଉପଦେଷ୍ଟା ଶାଶ୍ୱତୀ ମିଶ୍ର ଅନୁଷ୍ଠାନ ର କୋଷାଧକ୍ଷ ଉମାନାଥ ମିଶ୍ର ପ୍ରମୁଖ ଯୋଗ ଦେଇ ନିଜର ଆଶ୍ରିବଚନ ପ୍ରଦାନ କରିଥିଲେ,ପ୍ରଥମେ ସୁନାମଧନ୍ୟ ଭଜନ କଳାକାର ଭଜନ ପରିବେଷଣ କରିଥିଲେ,ଚଳିତ ବର୍ଷ ନିମନ୍ତେ ପଣ୍ଡିତ ଦାଶରଥି ସାମନ୍ତରାୟ ଙ୍କୁ ମହାପ୍ରଭୁ ଶ୍ରୀ ଜଗନ୍ନାଥ ଙ୍କ ପ୍ରଚାର ଓ ପ୍ରସାର ନିମନ୍ତେ ଉଲ୍ଲେଖନିୟ ସେବା କାର୍ଯ୍ୟ ପାଇଁ ଉତ୍କଳ ଶ୍ରୀ ସମ୍ମାନ ୨୦୨୪ ପ୍ରଦାନ କରାଯାଇ ଥିଲା ସୁନାମ ଧନ୍ୟ ଡା ସୁରେନ୍ଦ୍ର ସେନାପତି ଡା ଦିଲ୍ଲୀପ ମୁଦୁଲି ଓ ଚିକିତ୍ସା କ୍ଷେତ୍ର ରେ ବହୁ ପ୍ରସିଦ୍ଧ ଡାକ୍ତର ମାନଙ୍କୁ ସେବା ରତ୍ନ ସମ୍ମାନ ୨୦୨୪ ରେ ସମ୍ବର୍ଦ୍ଧିତ କରାଯାଇ ଥିଲା,ଭଜନ ରେ ଡ଼ ଅନୁସୟା ନାଥ, ଅନାମିକା ସ୍ୱାଇଁ ପଟ୍ଟନାୟକ, ସ୍ୱର୍ଣ୍ଣଲତା ପାଣି ଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇ ଥିଲା, ସୁଦୂର ମୟୁରଭଞ୍ଜ ରୁ ଆସିଥିବା ୩ଜଣ ମହିଳା ହସ୍ତଶିଳ୍ପ କାର୍ଯ୍ୟ କରି ବହୁ ପରିବାର ଚଳିବା ନିମନ୍ତେ ରୋଜଗାର ଦେଇଥିବାରୁ ସମ୍ବର୍ଦ୍ଧିତ କରାଯାଇ ଥିଲା, ଅନ୍ୟାନ୍ୟ କ୍ଷେତ୍ରରେ କାମ କରୁଥିବା ବ୍ୟକ୍ତି ଓ ମହିଳାଙ୍କୁ ସମ୍ବର୍ଦ୍ଧିତ କରା ଯାଇ ଥିଲା ଏହି ଅବସରରେ ଭୁବନେଶ୍ୱର ଲେଡିଜ ଫୋରମ ର ସଦସ୍ୟ ମାନେ ଓ ଡି କେ ଗ୍ରୁପ ସଦସ୍ୟ ମାନେ ମନମୁଗ୍ଧକର ସାଂସ୍କୃତିକ କାର୍ଯ୍ୟକ୍ରମ ମଧ୍ୟ ପରିବେଷଣ କରିଥିଲେ,ଏହି କାର୍ଯ୍ୟକ୍ରମ ରେ ଦିଲ୍ଲୀପ କୁମାର ପଟ୍ଟନାୟକ ବିପିନି ବିହାରୀ ସାହୁ ମନୋଜ ରାଉଳ ବିଦ୍ୱାନ୍ତ ଶେଖର ସିଂ,ରଞ୍ଜନ ସାମଲ ଅଜୟ ଚୌଧୁରୀନବ କିଶୋର ମହାଲ୍ଲିକ ଅଚ୍ୟୁତ ପ୍ରସାଦ ବେହେରା ରାହୁଲ ପଳେଇ ସୋନୁ ସାହୁ ଆଦର୍ଶ ପଟ୍ଟନାୟକ ମନୋରଞ୍ଜନ ପଳେଇ ଶ୍ରୀନିବାସ ରାଓ ବାପି ବାବୁ ଶୁଭେନ୍ଦୁ ବାବୁ ତ୍ରିଲୋଚନ ନାୟକ ଅକ୍ଷୟ ସାହୁ ବଂଶୀଧର ନାୟକ ପ୍ରମୁଖ ଯୋଗ ଦେଇ ଥିଲେ ଏହି ପର୍ବ ମାତୃ ଶକ୍ତି ଉପାସନା ପାଇଁ ଉଦ୍ଦିଷ୍ଟ । ଓଡ଼ିଶାର ବହୁ ପ୍ରାଚୀନ କାଳରୁ ଝଂକଡ଼ରେ ଦେବୀ ସାରଳା, ଯାଜପୁରରେ ଦେବୀ ବିରଜା, ବାଙ୍କୀରେ ଦେବୀ ଚର୍ଚ୍ଚିକା, ଚୌଷଠି ଯୋଗିନୀଙ୍କୁ ଏହି ଅବସରରେ ବିଶେଷ ପୂଜା କରାଯାଏ । ସମୟର କଷଟି ପଥରରେ ଘୋରି ହୋଇ ଲୁପ୍ତ ହେବାକୁ ବସିଲାଣି ପୁରାତନର ମଧୁମୟ ସଂସ୍କୃତି । ଆଧୁନିକତାର କୃତ୍ରିମ ମହକରେ ବିମୋହିତ ହୋଇ ଭୁଲି ଗଲୁଣି ବୈଦିକ ପରମ୍ପରାର ମୌଳିକତା ଓ ଆତ୍ମୀୟତାକୁ । ଗ୍ରହଣ କରି ନେଲୁଣି ପାଶ୍ଚାତ୍ୟର ରଙ୍ଗରସର ରଙ୍ଗିନ ସଂସ୍କୃତିକୁ । ସମୟ ଆସିଛି ପୁଣି ସେହି ପାରମ୍ପରିକ ରଜ ମହୋତ୍ସବକୁ ସିଂହାବଲୋକନ କରିବା ପାଇଁ । ଆମକୁ ସବୁଦିନ ପାଇଁ ମନେରଖିବାକୁ ପଡ଼ିବ ଆମ ସଂସ୍କୃତିର ସ୍ୱତନ୍ତ୍ରତା, ସ୍ୱାବଲମ୍ବନତା ଓ ପ୍ରାଚୀନତାକୁ ।







Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray